୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.249 Bhubaneswar Friday November 15 2024 | ୨୬ତମ ବର୍ଷ ସଂଖ୍ୟା–୨୪୯ ଭୁବନେଶ୍ୱର, ଶୁକ୍ରବାର, ନଭେମ୍ବର ୧୫, ୨୦୨୪ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹ 1.50 (Air Surcharge - 0.50P) Member-INS

## ମୁଖ୍ୟମନ୍ତ୍ରୀଙ୍କ ଘୋଷଣା: ଟଙ୍କାଏ ବଢ଼ିଲା ମଧ୍ୟାହ୍ନ ଭୋଜନ ଖର୍ଚ୍ଚ, ଆଦର୍ଶ ସ୍କୁଲରେ ହଷ୍ଟେଲ ମାଗଣା



ଭୁବନେଶ୍ୱର,୧୪।୧୧(ପି.ଏନ): ରାଜ୍ୟ ସରକାର ସ୍କୁଲପିଲାଙ୍କ ମଧ୍ୟାହ୍ନଭୋଜନ ଖର୍ଚ୍ଚକୁ ପ୍ରତି ପିଲା ପିଛା ଦୈନିକ ଏକ ଟଙ୍କା ବୃଦ୍ଧି କରିଛନ୍ତି । ଆଉ ଓଡିଶା ଆଦର୍ଶ ବିଦ୍ୟାଳୟର ହଷ୍ଟେଲରେ ରହୁଥିବା ଛାତ୍ରଛାତ୍ରୀଙ୍କ ମାସିକ ୨ହଜାର ଟଙ୍କା ଖର୍ଚ୍ଚକୁ ମଧ ସମ୍ପୂର୍ଣ୍ଣ ଛାଡ କରିଛନ୍ତି । ଏଣିକି ପିଲାମାନେ ଆଦର୍ଶ ସ୍କୁଲ ହଷ୍ଟେଲରେ ମାଗଣାରେ ରହିପାରିବେ ଓ ରାଜ୍ୟ ସରକାର ସେମାନଙ୍କ ହଷ୍ଟେଲ ଖର୍ଚ୍ଚ ବହନ କରିବେ । ମୁଖ୍ୟମନ୍ତ୍ରୀ ମୋହନ ଚ଼ରଣ ମାଝୀ ଆଜି ରାଜ୍ୟସ୍ତରୀୟ ଶିଶୁ ଦିବସ ସମାରୋହରେ ଯୋଗ ଦେଇ ଏହି ଘୋଷଣା କରିଛନ୍ତି । ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଆଜି କ୍ୟାପିଟାଲ ହାଇସ୍କୁଲ ପଡିଆରେ ଆୟୋଜିତ ରାଜ୍ୟସ୍ତରୀୟ ଶିଶୁ ଦିବସ ସମାରୋହ 'ସୁରଭି'ରେ ଯୋଗ ଦେଇ ଗୋଦାବରୀଶ ମିଶ୍ର ଆଦର୍ଶ ପ୍ରାଥମିକ ସ୍କୁଲ ଓ ଐତିହ୍ୟ ସ୍କୁଲ ଯୋଜନାର ଶୁଭାରମ୍ଭ କରିଛନ୍ତି । ଏହାସହିତ ମଧ୍ୟାହ୍ନ ଭୋଜନ ଖର୍ଚ୍ଚ ପ୍ରତି ପିଲା ପିଛା ଏକ ଟଙ୍କା ବୃଦ୍ଧି ଘୋଷଣା କରଇଛନ୍ତି । ରାଜ୍ୟର ପ୍ରାୟ ୫୦ହଜାରରୁ ଅଧିକ ସରକାରୀ ଓ ସରକାରୀ ଅନୁଦାନପ୍ରାପ୍ତ ପ୍ରାଥମିକ ଓ ଉଚ୍ଚ଼ପ୍ରାଥମିକ ସ୍କୁଲରେ ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ପ଼ଢ଼ୁଥିବା ପ୍ରାୟ ୪୩ଲକ୍ଷ ଛାତ୍ରଛାତ୍ରୀ ଏହାଦ୍ୱାରା ଉପକୃତ ହେବେ । ଏବେ ପ୍ରତ୍ୟେକ ପ୍ରାଥମିକ ସ୍କୁଲ ଛାତ୍ରଛାତ୍ରୀଙ୍କ ମଧ୍ୟାହ୍ନଭୋଜନ ଖର୍ଚ୍ଚ ବାବଦରେ ରାଜ୍ୟ ସରକାର ଦୈନିକ ୫.୯୦ଟଙ୍କା ଓ ଉଚ୍ଚ଼ପ୍ରାଥମିକ ସ୍କୁଲ ଛାତ୍ରଛାତ୍ରୀଙ୍କ ପାଇଁ ୮.୮୨ଟଙ୍କା ଦେଉଛନ୍ତି । ବଜାର ଦରବୃଦ୍ଧିକୁ ଦୃଷ୍ଟିରେ ରଖି ସରକାର ପ୍ରତ୍ୟେକ ଛାତ୍ରଛାତ୍ରୀଙ୍କ ପାଇଁ ଦୈନିକ ମଧ୍ୟାହ୍ନଭୋଜନ ଖର୍ଚ୍ଚରେ ଏକ ଟଙ୍କା ବୃଦ୍ଧି କରିଛନ୍ତି ।ସେହିପରି ଓଡିଶା ଆଦର୍ଶ ବିଦ୍ୟାଳୟର ହଷ୍ଟେଲରେ ରହୁଥିବା ଛାତ୍ରଛାତ୍ରୀଙ୍କଠୁ ନିଆଯାଉଥିବା ମାସିକ ୨ହଜାର ଟଙ୍କା ଲେଖାଏଁ ଖାଇବା ଖର୍ଚ୍ଚକୁ ସମ୍ପୂର୍ଣ୍ଣ ଛାଡ କରିବାକୁ ମୁଖ୍ୟମନ୍ତ୍ରୀ ଘୋଷଣା କରିଛନ୍ତି । ଅଭିଭାବକମାନଙ୍କ ଅନୁରୋଧକୁ ରକ୍ଷା କରି ସରକାର ଏହି ମାସିକ ଖର୍ଚ୍ଚ ବହନ କରିବେ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ରାଜ୍ୟର ୩୧୪ ବ୍ଲକରେ ଓଡିଶା ଆଦର୍ଶ ସ୍କୁଲ ମଧ୍ୟରୁ ୧୭୩ଟି ଆଦର୍ଶ ସ୍କୁଲରେ କସ୍ତୁରବା ବାଳିକା ବିଦ୍ୟାଳୟ ଯୋଜନା ଅଧୀନରେ ବାଳିକା ହଷ୍ଟେଲ ନିମନ୍ତେ କେନ୍ଦ୍ର ସରକାର ଅନୁମୋଦନ ଦେଇସାରିଛନ୍ତି । ଯେଉଁଠି ସମସ୍ତ ଛାତ୍ରୀଙ୍କ ନିମନ୍ତେ ମାଗଣା ରହିବା ଓ ଖାଇବାର ବ୍ୟବସ୍ଥା ରହିଛି । ବାକି ୧୪୧ଟି ବାଳିକା ହଷ୍ଟେଲ ଓ ୩୧୪ଟି ବାଳକ ହଷ୍ଟେଲରେ ଏହି ମାଗଣା ବ୍ୟବସ୍ଥା କାର୍ଯ୍ୟକ୍ଷମ ପାଇଁ ସରକାରଙ୍କ ପକ୍ଷରୁ ପଦକ୍ଷେପ ନିଆଯାଉଛି । ଓଡିଶା ଆଦର୍ଶ ସ୍କୁଲର ମୋଟ ୪୫୫ଟି ହଷ୍ଟେଲରେ ଅନ୍ତେବାସୀଙ୍କଠୁ ନିଆଯାଉଥିବା ମାସିକ ୨ହଜାର ଟଙ୍କା ଲେଖାଏଁ ଖାଇବା ଖର୍ଚ୍ଚକୁ ଏଣିକି ରାଜ୍ୟ ସରକାର ବହନ କରିବେ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ସମସ୍ତ ହଷ୍ଟେଲରେ ଏହି ସୁବିଧା ଯୋଗାଇବା ପାଇଁ ରାଜ୍ୟ ସରକାର ମୂଳଖର୍ଚ୍ଚ ୬୩.୭୦କୋଟି ଟଙ୍କାକୁ ବାଦ୍ ଦେଲେ ବାର୍ଷିକ ୧୮୭.୧୫କୋଟି ଟଙ୍କା ବହନ କରିବେ ବୋଲି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି ।

## ଫେବୃଆରୀ ୨୧ ତାରିଖରୁ ହେବ ମାଟ୍ରିକ ପରୀକ୍ଷା; ସୂଚ଼ୀ ପ୍ରକାଶ କଲା ମାଧ୍ୟମିକ ଶିକ୍ଷା ବୋର୍ଡ



କଟକ,ଭୁବନେଶ୍ୱର,୧୪।୧୧(ପି.ଏନ): ଚ଼ଳିତ ବର୍ଷ ଫେବୃଆରୀ ୨୧ ତାରିଖରୁ ଆରମ୍ଭ ହେବ ମାଟ୍ରିକ ପରୀକ୍ଷା । ମାଟ୍ରିକ ପରୀକ୍ଷା ସୂଚ଼ୀ ପ୍ରକାଶ କଲା ମାଧ୍ୟମିକ ଶିକ୍ଷା ବୋର୍ଡ । ଫେବୃଆରୀ ୨୧ରୁ ଆରମ୍ଭ ହୋଇ ମାର୍ଚ୍ଚ ଯାଏଁ ଚ଼ାଲିବ ମାଟ୍ରିକ ପରୀକ୍ଷା । ମାଧ୍ୟମିକ ଶିକ୍ଷା ପରିଷଦ ପକ୍ଷରୁ ପରୀକ୍ଷା ସୂଚ଼ୀ ଘୋଷଣା ।୨୧ ତାରିଖରେ ପ୍ରଥମ ଭାଷା ଓଡିଆ ପରୀକ୍ଷା ହେବ । ୨୪ ତାରିଖରେ ଦ୍ୱିତୀୟ ଭାଷା ଇଂରାଜୀ ପରୀକ୍ଷା ହେବ । ୨୭ରେ ଗଣିତ ଓ ମାର୍ଚ୍ଚ ୧ରେ ବିଜ୍ଞାନ ପରୀକ୍ଷା ହେବ । ମାର୍ଚ୍ଚ ୩ରେ ସାମାଜିକ ବିଜ୍ଞାନ ଓ ୬ରେ ତୃତୀୟ ଭାଷା ହିନ୍ଦୀ/ସଂସ୍କୃତ ପରୀକ୍ଷା ହେବ ବୋଲି ମାଧ୍ୟମିକ ଶିକ୍ଷା ପରିଷଦ ପକ୍ଷରୁ କୁହାଯାଇଛିସକାଳ ୯ଟାରୁ ଦିନ ସାଢ଼େ ୧୧ଟା ପର୍ଯ୍ୟନ୍ତ ଚ଼ାଲିବ ପରୀକ୍ଷା । ଗଣିତ ପରୀକ୍ଷା ପାଇଁ ଅଧିକ ୧୫ ମିନିଟ ସମୟ ଦିଆଯିବ । ସେହି ଦୃଷ୍ଟିରୁ ଗଣିତ ପରୀକ୍ଷା ୧୧ଟା ୪୫ରେ ସରିବ ।

## ଅଦିନିଆ ବନ୍ୟା ! ରାତି ଗୋଟାଏରେ ଘରେ ପଶିଲା ପାଣି



ଭୁବନେଶ୍ୱର,୧୪।୧୧(ପି.ଏନ): ରାତି ପ୍ରାୟ ଗୋଟାଏ ହେବ । ଶୀତୁଆ ରାତିରେ ଚ଼ାରିଆଡ ? ଘୋଟି ଯାଇଛି ଅନ୍ଧକାର ସାଙ୍ଗକୁ କୁହୁଡି । ଆକାଶ ପ୍ରାୟତଃ ନିର୍ମଳ ରହିଛି । ତାହାରି ଭିତରେ ଆସିଥିଲା ଅଦିନିଆ ବନ୍ୟା ! ଆଉ ଚ଼ାହୁଁ ଚ଼ାହୁଁ ସମସ୍ତଙ୍କ ଘରେ ପଶି ଯାଇଥିଲା ପାଣି । ଆଉ ଶୋଇଥିବା ବେଳେ ଭିଜିଯାଇଥିଲା ବିଛଣା ସମେତ ଖାଦ୍ୟ ସାମଗ୍ରୀ । ଏପରି ବିଚ଼ିତ୍ର ଚ଼ିତ୍ର ଦେଖିବାକୁ ମିଳିଥିଲା କେନ୍ଦୁଝର ଜିଲ୍ଲା ଯୋଡା ପୌରାଞ୍ଚଳରେ । ତେବେ ଏଠି ପ୍ରଶ୍ନ ଉଠୁଛି, ଅଦିନରେ କେଉଁଠୁ ଆସିଲା ବନ୍ୟା ପାଣି ଘରକୁ ଘର ପାନୀୟ ଜଳ ଯୋଗାଇବା ପାଇଁ ଗ୍ରାମୀଣ ଜଳ ଯୋଗାଣ ବିଛା ଯାଇଛି ପାଇପଡ଼ । ତେବେ ବୁଧବାର ରାତି ପ୍ରାୟ ଗୋଟାଏ ବେଳେ ଯୋଡା ପୌରାଞ୍ଚଳ ୧୦ ନମ୍ବର ୱାର୍ଡ଼ ହନୁମାନ ହଟିଂ ଦେଇ ଯାଇଥିବା ପାନୀୟ ଜଳ ପାଇପ୍ ? ଫାଟି ଯାଇଥିଲା । ପାଇପ୍ ? ଫାଟିବା ପରେ ଆସିଥିଲା ଜଳ ପ୍ରଳୟ । ନିଘୋଡ ନିଦରେ ଲୋକମାନେ ଶୋଇଥିବା ବେଳେ ଘରେ ପଶିଥିଲା ପାଣି । ଘର ଭିତରେ ପାଣି ଦେଖି ଲୋକମାନେ ପ୍ରଥମେ କିଛି ଜାଣିପାରିନଥିଲେ । ତରବରିଆ ଭାବେ ଉଠି ପଡିଥିଲେ । ଚ଼ାହୁଁ ଚ଼ାହୁଁ ଘରେ ଥିବା ସବୁ ଆସବାବପତ୍ର ଓ ଖାଦ୍ୟ ସାମଗ୍ରୀ ଭିଜି ଯାଇଥିଲା । ଏପରିକି ଲୋକଙ୍କ ଶୋଇବା ବିଛଣା ମଧ ଓଦା ହୋଇଯାଇଥିଲା ।

## ୫ ହଜାର ଟଙ୍କା ଲାଞ୍ଚ ନେଉଥିଲେ ଜଓ, ମାଡି ବସିଲା ଭିଜିଲାନ୍ସ



ଭୁବନେଶ୍ୱର,୧୪।୧୧(ପି.ଏନ): ପୁଣି ଭିଜିଲାନ୍ସ ହାବୁଡରେ ସରକାରୀ ବାବୁ । ୫ ହଜାର ଟଙ୍କା ଲାଞ୍ଚ ନେବା ବେଳେ ଧରାପଡିଲେ ରାଜସ୍ୱ ନିରୀକ୍ଷଣ । ଭଦ୍ରକ ଗଦି ଆରଆଇଙ୍କୁ ଗିରଫ କରିଛି ଭିଜିଲାନ୍ସ ବିଭାଗ । ଗିରଫ ରାଜସ୍ୱ ନୀରିକ୍ଷକଙ୍କ ନାମ୍ ଭାଗବତ ଖଟୁଆ । ଜମି କିସମ ପରିବର୍ତ୍ତନ ପାଇଁ ଲାଞ୍ଚ ନେଉଥିବା ବେଳେ ବାବୁକୁ ଗିରଫ କରିଛି ପୋଲିସ ।ସୂଚ଼ନା ଅନୁସାରେ, ଆଗରୁ ମଧ ଆରଆଇ ବାବୁ ଲାଞ୍ଚ ନେଉଥିଲେ । ତେବେ ଆଜି ବିଜୟ ମଲ୍ଲିକ ନାମକ ଜଣେ ଜନୈକ ବ୍ୟକ୍ତି ନିଜ ଜମିର କିସମ ପରିବର୍ତ୍ତନ ପାଇଁ ଆବେଦନ କରିଥିଲେ । କିନ୍ତୁ ଆଇ ଏହି କାମ କରିବା ପାଇଁ ଲାଞ୍ଚ ମାଗିଥିଲେ । ତେବେ ଏନେଇ ଆଗରୁ ମଧ ଲାଞ୍ଚ ମାଗିଥିବା ବେଳେ ସେ ଆଜି ଟଙ୍କା ଦେବା ଆଗରୁ ଭିଜିଲାନ୍ସ ବିଭାଗ ସହିତ ଯୋଗାଯୋଗ କରିଥିଲେ । ତେବା ଲାଞ୍ଚ ନେବା ବେଳେ ଆରଆଇ ଭଗବତ ଖଟୁଆଙ୍କୁ ଗିରଫ କରିଛି ପୋଲିସ ।

## ଦିଲ୍ଲୀ ମେୟର ନିର୍ବାଚ଼ନରେ ବିଜେପିକୁ ଝଟକା, ବାଜି ମାରିନେଲା ଆପ୍



ଭୁବନେଶ୍ୱର,୧୪।୧୧(ପି.ଏନ):ଆସନ୍ତା ବର୍ଷ ହେବାକୁ ଥିବା ଦିଲ୍ଲୀ ବିଧାନସଭା ନିର୍ବାଚ଼ନ ପୂର୍ବରୁ ଆମ୍ ଆଦମି ପାର୍ଟିକୁ ମିଳିଛି ବଡ଼ ସଫଳତା । ଏମସିଡି ମେୟର ନିର୍ବାଚ଼ନରେ ଆପ୍ ପ୍ରାର୍ଥୀ ମହେଶ କୁମାର ଖିଞ୍ଚି ବିଜୟୀ ହୋଇଛନ୍ତି । ମେୟର ନିର୍ବାଚ଼ନରେ ବିଜେପି ପ୍ରାର୍ଥୀ କିଶନ ଲାଲଙ୍କୁ ପରାସ୍ତ କରିଛନ୍ତି ଆପ୍ ପ୍ରାର୍ଥୀ ମହେଶ । ତେବେ ବିଜୟ ସତ୍ତ୍ୱେ ଦିଲ୍ଲୀ ଆପ୍ ପାଇଁ ଚ଼ିନ୍ତାର ବିଷୟ ହେଉଛି ଦଳର ୧୦ ଜଣ କାଉନସିଲର ବିଜେପିକୁ ଭୋଟ ଦେଇଛନ୍ତି । ଦିଲ୍ଲୀ ମହାନଗର ନିଗମ ପାଇଁ ଅନୁଷ୍ଠିତ ମେୟର ନିର୍ବାଚ଼ନରେ ଆମ ଆଦମି ପ୍ରାର୍ଥୀ ମହେଶ କୁମାର ଖିଞ୍ଚି ଓ ବିଜେପି ପ୍ରାର୍ଥୀ କିଶନ ଲାଲଙ୍କ ମଧ୍ୟରେ ପ୍ରତିଦ୍ୱନ୍ଦ୍ୱିତା ହୋଇଥିଲା । ନିର୍ବାଚ଼ନରେ ମୋଟ ୨୬୫ ଭୋଟ ପଡ଼ିଥିବାବେଳେ ଏଥିରୁ ଆପ୍ ପ୍ରାର୍ଥୀ ମହେଶଙ୍କୁ ମୋଟ ୧୩୫ ଭୋଟ ମିଳିଥିଲା । ହେଲେ ଏଥିରୁ ଦୁଇଟି ଭୋଟ ଅବୈଧ ଘୋଷିତ ହୋଇଥିଲା । ଅର୍ଥାତ ଆପ୍ ପ୍ରାର୍ଥୀଙ୍କ ସପକ୍ଷରେ ୧୩୩ ବୈଧ ଭୋଟ ପଡ଼ିଥିଲା । ଅନ୍ୟପଟେ ବିଜେପି ପ୍ରାର୍ଥୀ କିଶନ ଲାଲଙ୍କୁ ୧୩୦ ଭୋଟ ମିଳିଥିଲା । ଫଳରେ ୩ ଖଣ୍ଡ ଭୋଟ ବ୍ୟବଧାନରେ ଆପ୍ ପ୍ରାର୍ଥୀ ଏହି ନିର୍ବାଚ଼ନରେ ବାଜିମାତ କରିଛନ୍ତି । ଅନ୍ୟପଟେ କଂଗ୍ରେସ ଏହି ନିର୍ବାଚ଼ନକୁ ବୟକଟ୍ କରିଥିଲା ।

## ବର୍ଷ ୨୦୨୦-୨୧-୨୨ ପାଇଁ ଘୋଷଣା ହେଲା ଓଡ଼ିଶା ରାଜ୍ୟ ଚ଼ଳଚ୍ଚ଼ିତ୍ର ପୁରସ୍କାର

ଭୁବନେଶ୍ୱର,୧୪।୧୧(ପି.ଏନ): ବର୍ଷ ୨୦୨୦-୨୧-୨୨ ପାଇଁ ଘୋଷଣା ହେଲା ଓଡ଼ିଶା ରାଜ୍ୟ ଚ଼ଳଚ୍ଚିତ୍ର ପୁରସ୍କାର । ଭଞ୍ଜକଳା ମଣ୍ଡପରେ ଘୋଷଣା କଲେ ସଂସ୍କୃତି-କ୍ରୀଡ଼ା-ଉଚ୍ଚ଼ଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ । ତିନିବର୍ଷ ପାଇଁ ରାଜ୍ୟ ଚ଼ଳଚ୍ଚ଼ିତ୍ର ପୁରସ୍କାର ଘୋଷଣା କରାଯାଇଛି । ୨୦୨୦, ୨୧ ଏବଂ ୨୨ ପାଇଁ ପୁରସ୍କାର ଘୋଷଣା ହୋଇଛି ।୨୦ରେ ରଘୁ ସର୍ଦ୍ଦାର, ୨୧ରେ ପ୍ରତୀକ୍ଷା ଓ ଡାଲ୍ଚ଼ିନି, ୨୨ରେ ଦମନ ଶ୍ରେଷ୍ଠ ଫିଲ୍ମ । ୨୦ରେ ଦେବାଶିଷ ପାତ୍ର ଓ ୨୧ରେ ଅଙ୍କିତ କୁମାର ଓ ଦୀପନ୍ୱୀତ ଦାସ ମହାପାତ୍ରଙ୍କୁ ଶ୍ରେଷ୍ଠ ନାୟକ ଭାବେ ଘୋଷଣା କରାଯାଇଛି । ସେହିଭଳି ୨୦୨୨ରେ ବାବୁସାନ ମହାନ୍ତି ଶ୍ରେଷ୍ଠ ନାୟକ ବିବେଚ଼ିତ ହୋଇଛନ୍ତି । ଜୀବନ ବ୍ୟାପୀ ସାଧନା ପାଇଁ ୩ ଜଣଙ୍କୁ ମୋହନସୁନ୍ଦର ଦେବଗୋସ୍ୱାମୀ ସମ୍ମାନ ।

## ଅଣନିଃଶ୍ୱାସୀ କରୁଛି ରାଜଧାନୀ ପ୍ରଦୂଷଣ: କାଲି ଠାରୁ ଏହି ସବୁ କାମ ବନ୍ଦ



ଭୁବନେଶ୍ୱର,୧୪।୧୧(ପି.ଏନ): ଦେଶର ରାଜଧାନୀ ଦିଲ୍ଲୀରେ ଏବେ ନିଃଶ୍ୱାସ ନେବା କଷ୍ଟ ହୋଇପଡିଲାଣି । ପୂରା ସହର ଓ ଆଖପାଖ ଅଞ୍ଚଳକୁ ଘେରି ରହିଛି ପ୍ରଦୂଷଣର ଚ଼ାଦର । ପ୍ରଦୂଷଣର ମୋଟା ଆସ୍ତରଣ ଓ ଧୂଆଁଳିଆ ପରିବେଶ ମଧ୍ୟରେ ଲୋକମାନେ କେବଳ ଅଣନିଃଶ୍ୱାସୀ ଅନୁଭବ କରୁଛନ୍ତି ।ବୁଧବାର ସକାଳୁ ଏପରି ସ୍ଥିତି ଲାଗି ରହିଥିବା ବେଳେ ଦିଲ୍ଲୀରେ ବାୟୁର ଗୁଣବତ୍ତା ସାଂଘାତିକ ସ୍ତରକୁ ଖସି ଯାଇଛି । ଏବେ ଦିଲ୍ଲୀର ଏକାଧିକ ଅଞ୍ଚଳରେ ବାୟୁର ଗୁଣବତ୍ତା ସୂଚ଼କାଙ୍କ ୪୦୦ ଉପରେ ରହିଛି । ଏହାର ଅର୍ଥ ସ୍ଥିତି ସାଂଘାତିକ ରହିଛି ।ବାୟୁ ଗୁଣବତ୍ତା ପରିଚ଼ାଳନା କମିଶନ ଏହାକୁ ନେଇ ଚ଼ିନ୍ତା ପ୍ରକଟ କରିବା ସହ ଆସନ୍ତାକାଲି ସୁଦ୍ଧା ସ୍ଥିତିରେ ସୁଧାର ଆସିବ ବୋଲି ଆଶା କରିଛନ୍ତି । କିନ୍ତୁ ବାୟୁର ଗୁଣବତ୍ତା ସୂଚ଼କାଙ୍କ ଦୃଷ୍ଟିରେ ରଖି କମିଶନ କିଛି କଠୋର ନିଷ୍ପତ୍ତି ନେଇଛନ୍ତି । ?ଆସନ୍ତାକାଲି ସକାଳ ୮ଟାରୁ ନିୟମକୁ କଡାକଡି ପାଳନ କରିବାକୁ କହିଛନ୍ତି ।

## ଶ୍ରୀମନ୍ଦିର ପ୍ରଶାସନର ବଡ ନିଷ୍ପତ୍ତି, ପତିତପାବନ ମନ୍ଦିର ହେବ ରୂପା ଛାଉଣୀ



ଭୁବନେଶ୍ୱର,୧୪।୧୧(ପି.ଏନ): ପତିତପାବନ ମନ୍ଦିର ହେବ ରୂପାର ଛାଉଣୀ । ଶ୍ରୀମନ୍ଦିର ସିଂହଦ୍ୱାର ପତିତପାବନ ମନ୍ଦିର ରୂପା ଛାଉଣୀ କରାଯିବ । ପତିତପାବନଙ୍କର ଗୁମୁଟ ଦ୍ୱାର ବନ୍ଧ ମଧ ରୂପା ଛାଉଣୀ କରାଯିବା ନେଇ ଘୋଷଣା କରାଯାଇଛି । ତେବେ ଏନେଇ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚ଼ଡନା ଦିଆଯାଇଛି । ସେହିପରି ମହାପ୍ରଭୁଙ୍କର ରତ୍ନପଲଙ୍କ ଏବଂ ଭଣ୍ଡାରଘର ନିକଟ ଲୋକନାଥ ମନ୍ଦିରରେ ମଧ ରୂପା ଛାଉଣୀ କରାଯିବ । ପ୍ରତିଟି ଦୁଆର ରୂପାର ଛାଉଣୀ ପରେ ବର୍ତ୍ତମାନ ଶ୍ରୀମନ୍ଦିର ପତିତପାବନ ମନ୍ଦିରକୁ ରୂପା ଛାଉଣୀ କରିବା ନେଇ ଘୋଷଣା କରାଯାଇଛି ।










# ଟି ଟାଇମ୍

## ୨୩ ବର୍ଷ ଧରି ବନ୍ଦ ଡାକ ବାକ୍ସ



ବ୍ରିଟେନ୍‌ର ସବୁଠାରୁ ବ୍ୟସ୍ତମୟ ଅଞ୍ଚଳରେ ଥିବା ଲୋକିନ୍ ଡାକ ବାକ୍ସଟି ଗତ ୨୩ ବର୍ଷ ହେଲା ବନ୍ଦ ରହିଛି। ବ୍ରିଟେନ୍‌ର ବର୍ମିଂଘମର ସବୁଠାରୁ ବ୍ୟସ୍ତତମ ରେଳ ଷ୍ଟେସନ୍‌ରେ ନବନିର୍ମାଣ କାମରେ ଲାଗିଥିବା ଶ୍ରମିକ ସେହି ସମୟରେ ଆଶ୍ଚର୍ଯ୍ୟ ହୋଇ ଯାଇଥିଲେ, ଯେତେବେଳେ ଏହି ଡାକ ବାକ୍ସଟିକୁ ସେଠାରୁ ହଟା ଯାଇଥିଲା ଏବଂ ସେଥିରୁ ପ୍ରାୟ ଦେଢ଼ ଦଶକର ଚିଠି ମିଳିଥିଲା। ବ୍ରିଟିଶ୍ ଦୈନିକ ଟେଲିଗ୍ରାଫର ରିପୋର୍ଟ ମୁତାବକ ଏହି ଡାକ ବାକ୍ସକୁ ହଟାଇ ଥିବା ଶ୍ରମିକଙ୍କ କହିବା ମୁତାବକ ଏହି ବାକ୍ସଟିକୁ ଗତ ୨୩ ବର୍ଷ ହେଲା ଖାଲି କରାଯାଇନାହିଁ। ଏହି ଡାକ ବାକ୍ସଟି ବର୍ମିଂଘମ୍ ରେଳ ଷ୍ଟେସନର ଏଭଳି ସ୍ଥାନରେ ରହିଛି, ଯେଉଁଠାରୁ ପ୍ରତିଦିନ ହଜାର ହଜାର ଲୋକେ ଯାତାୟାତ କରନ୍ତି। ଏହି ଡାକ ବାକ୍ସଟିକୁ ଚଳିତ ବର୍ଷର ପ୍ରାରମ୍ଭରେ ସିଲ୍ କରିଦିଆଯାଇଥିଲା। ବ୍ରିଟେନ୍‌ର ରୟାଲ୍ ମେଲ ସେବା ଏହି ଡାକ ବାକ୍ସରେ ୧୯୮୯ରେ ପଡ଼ିଥିବା ଚିଠିକୁ ତା’ର ଗନ୍ତବ୍ୟ ସ୍ଥାନରେ ପହଞ୍ଚାଇବା ପାଇଁ ଚେଷ୍ଟା କରୁଥିଲା। ଏହି ଡାକ ବାକ୍ସ ଭିତରୁ ଅନେକ ପୋଷ୍ଟକାର୍ଡ ଏବଂ ଆମେରିକା, ଅଷ୍ଟ୍ରେଲିଆ ଭଳି ଦୂର ଦୂରାନ୍ତ ସ୍ଥାନକୁ ପଠାଯାଇଥିବା ଚିଠି ପତ୍ରଗୁଡ଼ିକ ମଧ୍ୟ ମିଳିଥିବା ଜଣାପଡ଼ିଛି।

## ପୁରାଣ କାହାଣୀ

# ଅଗିରା ପୂର୍ଣ୍ଣିମା



ଶୀତ ଋତର ଶେଷ ମାଘ ମାସର ପୂର୍ଣ୍ଣମୀକୁ ଅଗିରା ପୂର୍ଣ୍ଣମୀ କହିଥାନ୍ତି। ସାଧାରଣତଃ ଅଗ୍ନି ଦେବତାଙ୍କ ପୂଜା ଶ୍ରୀପଞ୍ଚମୀ ଦିନ ଠାରୁ ଆରମ୍ଭ ହୋଇଥାଏ। କାରଣ ସରସ୍ୱତୀଙ୍କୁ ବେଦରେ ଅଗ୍ନି ବୋଲି କୁହାଯାଇଛି। ଗାଁ ଠାରୁ ସହର ପର୍ଯ୍ୟନ୍ତ ସବୁଠି ଅଗିଜଳା ଏକ ପରିଚିତ ଦୃଶ୍ୟ। ପ୍ରକୃତରେ ଅଗ୍ନୀ ଦେବତାଙ୍କ ପୂଜା ବୈଦିକ ଯୁଗରୁ ରହିଆସିଛି। ବୈଦିକ ଭାଷାରେ – ‘ଅଗ୍ନୀ ମିଳେ ପୁରୋହିତଂ’ ତେଣୁ ବେଦରେ ଅଗ୍ନୀ ହେଉଛନ୍ତି ପ୍ରଥମ ଦେବତା। ଓଡ଼ିଆ ଜନଜୀବନରେ ଚିର ପରିଚିତ ଅଗିରା ପୂନେଇଁ ଏକ ପରିଚିତ ଦିନଟି। କେବଳ ଗାଁରେ ନୁହେଁ ସହରରେ ମଧ୍ୟ ଛକ ସ୍ଥାନ ମାନଙ୍କରେ ଧାନ ନଡ଼ା ଏକତ୍ର କରାଯାଇ ଏହାକୁ ପୂଜାର୍ଚ୍ଚନା କରି ଅଗ୍ନୀ ସଂଯୋଗ କରାଯାଇଥାଏ। ଏଥିରେ ବାଇଗଣ ଓ ଅନ୍ୟାନ୍ୟ ପରିବା ପୋଡ଼ି ଖାଇଲେ କିଛି ଚର୍ମରୋଗ ହୋଇନଥାଏ ବୋଲି ଲୋକବିଶ୍ୱାସ ରହିଛି। ଏହିଦିନରୁ ବାଘପରି ମାଘ ମାସର ଶୀତ ବିଦାୟ ନେଇ ବସନ୍ତ ଋତୁର ମୃଦୁ ସମୀରଣ ଭିତରେ ଗ୍ରୀଷ୍ମଋତୁକୁ ସ୍ୱାଗତ କରାଯାଇଥାଏ ।

# ଇ-ରିଡ଼ିଂ କରିପାରିବେ ଦୃଷ୍ଟିହୀନ



ଦୃଷ୍ଟିହୀନ ଯୁବପିଢ଼ିଙ୍କ ପାଇଁ ଖୁସି ଖବର । ଏବେ ସେମାନେ ବି ଇ-ରିଡ଼ିଂ କରିପାରିବେ । ସାଧାରଣ ଯୁବପିଢ଼ିଙ୍କ ପରି ଇଣ୍ଟରନେଟ୍‌ରେ ନିଜ ପସନ୍ଦର ବହି, ମାଗାଜିନ୍ ପଢ଼ିବା ସହ ମେସେଜ୍ ଦିଆନିଆ କରିପାରବେ । ତାହା ପୁଣି ଖୁବ୍ କମ୍ ଖର୍ଚ୍ଚରେ । ନିକଟରେ ଏଭଳି ଏକ ନୂଆ ଟେକ୍ନୋଲୋଜି ଉଦ୍ଭାବନ କରି ଚର୍ଚ୍ଚାରେ ପରିସରକୁ ଆସିଛି ଦକ୍ଷିଣ କୋରିଆର ଏକ ନୂଆ କମ୍ପାନୀ । ଦୃଷ୍ଟହୀନମାନଙ୍କୁ ଇ-ରିଡ଼ିଂ ସୁବିଧା ଯୋଗାଇ ଦେବା ଲାଗି ଉକ୍ତ କମ୍ପାନୀ ତିଆରି କରିଛି ଏକ ବ୍ରେଲ୍ ସ୍ମାର୍ଟ ଘଣ୍ଟା । କେବେଳ ଏତିକି ନୁହେଁ, ଡ଼ଟ୍ ନାମକ ଏହି ସ୍ମାର୍ଟ ୱାଚ୍ ସାହାର୍ଯ୍ୟରେ ବ୍ରେଲ୍ ଭାଷା ମଧ୍ୟ ହୋଇପାରିବ ବୋଲି କମ୍ପାନୀ ଶିଖାଯାଇପାରେ । ଦୃଷ୍ଟହୀନଙ୍କ ପାଇଁ ହେପ୍ଟିକ୍ ଟେକ୍‌ନିକ୍‌ରେ ତିଆରି ଏହି ସ୍ମାର୍ଟ ୱାଚ୍ ସ୍ୱଳ୍ପ ମୂଲ୍ୟରେ ମିଳୁଥିବାରୁ ଏହା ଅଧିକ ଆଦୃତ କର୍ତ୍ତୃପକ୍ଷ ଆଶା ରଖିଛନ୍ତି । ସେମାନଙ୍କ ମତରେ ଦୃଷ୍ଟହୀନଙ୍କୁ ଏହି ସୁବିଧା ଯୋଗାଇ ଦେବା ଲାଗି ପୂର୍ବରୁ ଏଭୂି ଉପକରଣ ତିଆରି ହୋଇଥିଲେ ମଧ୍ୟ ତାହାର ଆକାଛୁଆଁ ମୂଲ୍ୟ ଯୋଗୁ ବ୍ୟବହାର କରିବା ସମସ୍ତଙ୍କ ପକ୍ଷେ ସମ୍ଭବ ହୋଇପାରୁ ନଥିଲା । କିନ୍ତୁ ଏହି ସ୍ମାର୍ଟ ୱାଚ ସମସ୍ତ ଦୃଷ୍ଟହୀନଙ୍କୁ ସୁହାଇବା ବୋଲି ସେମାନେ ସୂଚିତ କରିଛନ୍ତି । ଏହି ସ୍ମାଟ୍ ୱାଚ୍‌କୁ ଯେ କୌଣସି ବ୍ଲ୍ୟୁ ଟୁଥ୍ ସହିତ ସଂଯୋଗ କରାଯାଇ ଜରୁରୀ ସୂଚନା ପଢ଼ାଯାଇପାରେ । ଏହି ସ୍ମାର୍ଟ ୱାଚ୍‌ରେ ପ୍ରଥମେ ମେସେଜ୍ ମୋବାଇଲ୍ ଫୋନ୍‌କୁ ଆସେ । ପରେ ଏହା ସିହିତ ଜଡ଼ିତ ଆପ୍ଲିକେଶନ୍ ଉକ୍ତ ମେସେଜକୁ ବ୍ରେଲ୍ ଭାଷାରେ ଅନୁବାଦ କରିଥାଏ । ମେସେଜ ପ୍ରାପ୍ତ ହେବା ପରେ ଡଟ୍‌ର ଭାଇବ୍ରେଟର ୟୁଜରକୁ ସତର୍କ କରିଦେଇଥାଏ ।

# ୧୩ ବର୍ଷର ବାଳକ ପର୍ଣ୍ଣ ଭିଡିଓ ଦେଖି ୭ଜଣ ପିଲାଙ୍କୁ କଲା ଯୌନ ଶୋଷଣ



ଇଣ୍ଟରନେଟରେ ପର୍ଣ୍ଣ ଭିଡିଓ ଦେଖିବା ଦ୍ୱାରା କେମିତି ପିଲାଙ୍କ ଉପରେ ଖରାପ ପ୍ରଭାବ ପଡେ, ତାର ଏକ ଉଦାହରଣ ଦେଖିବାକୁ ମିଳିଛି। ଜଣେ ୧୩ ବର୍ଷୀୟ ନାବାଳକ ପର୍ଣ୍ଣ ସାଇଟ୍ ଦେଖି କରିଛି ଅଦ୍ଭୁତ କାଣ୍ଡ। ଅଶ୍ଳୀଳ ଭିଡିଓ ଦେଖି ୭ଜଣ ପିଲାଙ୍କୁ କରିଛି ଯୌନ ଶୋଷଣ। ଏମିତି ଏକ ଖବର ଏବେ ଖୁବ୍ ଭାଇରାଲ ସାଜିଛି। ଇଣ୍ଟରନେଟ୍‌ରେ ଅଶ୍ଳୀଳ ଭିଡିଓ ଦେଖିବା ସଉକ ହୋଇଯାଇଥିଲା ଏହି ପିଲାଟିର। ପର୍ଣ୍ଣ ଭିଡିଓ ଦେଖିବା ପରେ ମନରେ ତାର ବିକାର ଜାତ ହୋଇଥିଲା ଏବଂ ୭ଜଣ ଛୋଟ ପିଲାଙ୍କ ସହ କରିଥିଲା ଦୁଷ୍କର୍ମ। ଏହି ନାବାଳିକ ପିଲାକୁ ଗିରଫ କରିଛି ପୋଲିସ। ଅଧିକ ଅଶ୍ଳୀଳ ଭିଡିଓ ଦେଖିବା ଯୋଗୁଁ ଏମିତି କାଣ୍ଡ ପିଲାଟି କରିଛି ବୋଲି ପୋଲିସ କହିଛି। ଏଡି ମାମଲାରେ ପିଲାଟିର ମା’ କହିଛନ୍ତି ସେ ପିଲାଟିକୁ ଅଧିକ ସମୟ ଦେଇପାରନ୍ତି ନାହିଁ। ଯାହା ଦ୍ୱାରା ସେ ଏମିତି ଖରାପ କାମ କରିଛି।

## ମୋ ପରି ଶରୀର ସମସ୍ତଙ୍କର ନାହିଁ



ବିଗବସ୍ ସିଜିନ୍ ୬ର ପ୍ରତିଯୋଗୀ ସାନ୍ ଖାନ୍ ତାଙ୍କର ବୟାନବାଜିକୁ ନେଇ ସବୁବେଳେ ଚର୍ଚ୍ଚାରେ ଥାଆନ୍ତି। କିଛି ଦିନ ପୂର୍ବରୁ ତାଙ୍କ ସିନେମା ‘ୱାଜା ତୁମ ହୋ’ ହୋଇଛି ରିଲିଜ୍। ଏହି ସିନେମାରେ ସାନା ଟେଲିଭିଜନର ଲୋକପ୍ରିୟ ଅଭିନେତା ଗୁରମିତ ଚୌଧୁରୀଙ୍କ ବିପକ୍ଷରେ ନାୟିକା ଭୂମିକାରେ ଅଭିନୟ କରିଛନ୍ତି। ଏହି ସିନେମା କେବେ ଆସିଲା କେବେ ଗଲା କିଛି ଜଣାପଡିଲାନି। ସିନେମା ଫ୍ଲପ ହୋଇଗଲେ ମଧ୍ୟ ସାନା ତାଙ୍କ ବୋଲ୍ଡ ବୟାନ ପାଇଁ ପୁଣିଥରେ ଚର୍ଚ୍ଚାର ପରିଧୀକୁ ଆସିଛନ୍ତି। ନିଜର ଶରୀରକୁ ନେଇ ସେ କହିଛନ୍ତି ମୋ ପରି ଶରୀର ସମସ୍ତଙ୍କୁ ମିଳେନି। ସେ ତାଙ୍କର ଶରୀରକୁ ନେଇ ବହୁତ ଗର୍ବିତ। ଏହା ସହ ସେ କହିଛନ୍ତି ଅନେକ ନାୟିକା ତାଙ୍କ ପରି ଶରୀର ପାଇବା ପାଇଁ ଅନେକ ପରିଶ୍ରମ କରିଥାଆନ୍ତି। କିନ୍ତୁ ସମସ୍ତଙ୍କ ଭାଗ୍ୟରେ ଏପରି ଶରୀର ନଥାଏ। କେବଳ ଏତିକି ନୁହେଁ ସେ ନିଜେ ତାଙ୍କ ଶରୀରର ଜଣେ ବଡ ଫ୍ୟାନ ବୋଲି ପ୍ରକାଶ କରିଛନ୍ତି ସାନା।

# ସମୁଦ୍ର ଭିତରେ ୭ ବର୍ଷ

୧୯୯୭ରେ ସ୍ୱାମୀଙ୍କର ମୃତ୍ୟୁ ହୋଇଯିବା ପରେ ଫ୍ଲୋରିଡା ନିବାସୀ ୮୬ ବର୍ଷିୟା ଲି ବାଷ୍ଟେଟର ସମୁଦ୍ରରେ ଜୀବନ ବିତାଉଛନ୍ତି । ସେ ବିଗତ ୭ ବର୍ଷ ଧରି ଲକଜୁରୀ କ୍ରୁଜ ସିପ କ୍ରିଷ୍ଟଲ ସେରେନିଟିରେ ରହୁଛନ୍ତି । ମୃତ୍ୟୁ ପୂର୍ବରୁ ଲିଙ୍କୁ ତାଙ୍କ ସ୍ୱାମୀ କହିଥିଲେ । ତାଙ୍କ ଅନ୍ତେ ସେ ଯେମିତି ଜାହାଜରେ ନରହିବା ଛାଡନ୍ତି । ଲି ତାଙ୍କର ୫୦ ବର୍ଷର ବୈବାହିକ ଜୀବନରେ ଅଧିକାଂଶ ସମୟ ଜାହାଜରେ ରହୁଥିଲେ । ସ୍ୱାମୀଙ୍କ ମୃତ୍ୟୁ ପରେ ସେ ଘର ବିକି ଦେଇ ଜାହାଜରେ ରହିବାକୁ ଆରମ୍ଭ କଲେ । ଏଥିରେ ତାଙ୍କର ରହିବା, ଖାଇବା, ଡ୍ୟାନ୍ସ ପ୍ରୋଗ୍ରାମ, କକଟେଲ ପାର୍ଟି ଆଦି ସାମିଲ ହୋଇଛି ।

# ଇଲେକ୍ଟ୍ରିକ୍ ଚାମଚ



ଏବେ ଖାଦ୍ୟର ସ୍ୱାଦକୁ ପରିବର୍ତ୍ତନ କରିବ ଚାମଚ । ହଁ ସତରେ, ଜାପାନ, ଯୋକିଓସ୍ଥିତ ମେଇଜି ୟୁନିଭର୍ସିଟିର ବିଶେଷଜ୍ଞମାନେ ଏହି ବିଦ୍ୟୁତ୍ ଚାମଚ ବା କଣ୍ଟା ଚାମଚ ଡିଜାଇନ୍ କରିଛନ୍ତି । ଏହା ଯେ କୌଣସି ଲବଣ ବିହୀନ ତଥା କମ୍ ଲୁଣଯୁକ୍ତ ଖାଦ୍ୟର ସ୍ୱାଦକୁ ଲୁଣଯୁକ୍ତ କରିବାରେ ସାହାର୍ଯ୍ୟ କରିବ । ତେବେ ଏହି ଚାମଚରେ ଲୁଣ ନାହିଁ କିମ୍ବା ସତରେ ଏହା ଖାଦ୍ୟକୁ ଲୁଣିଆ କରି ନଥାଏ । ଏହି ଚାମଚରେ ଖାଦ୍ୟ ଖାଇବା ସମୟରେ ଏଥିରେ ଥିବା ଏକ ବଟନ୍‌କୁ ଅନ୍ କରିବା ଦ୍ୱାରା କମ୍ ଲୁଣଯୁକ୍ତ ଖାଦ୍ୟ ବି ସ୍ୱାଦିଷ୍ଟ ଲାଗେ । ଉକ୍ତ ଇଲେକ୍ଟ୍ରିକ୍ ଚାମଚରେ କମ୍ ଭୋଲ୍ଟର ବିଦ୍ୟୁତ ପ୍ରବାହିତ ହେଉଥିବା ଯୋଗୁ ଏହା ବିପଦମୁକ୍ତ । ଏହି ନୂଆ କୌଶଳ ବିଶେଷକରି ସୋଶାଲ୍ ଡାଏଟ୍ କରୁଥିବା ଲୋକଙ୍କ ପାଇଁ ଅତ୍ୟନ୍ତ ଉପଯୋଗୀ ସାବ୍ୟସ୍ତ ହେବ ବୋଲି ଗବେଷଣାରତ ବିଷେଷଜ୍ଞ ହିରୋମି ନାକାରୁମି କହିଛନ୍ତି । ଏହାବ୍ୟତୀତ ଡାଇବେଟିସ୍ ଓ ଲୋ ବ୍ଲଡ୍‌ପ୍ରେସର ରୋଗୀ ମଧ୍ୟ ଏହି ଚାମଚ ବ୍ୟବହାର କରି କମ୍ ଲୁଣଯୁକ୍ତ ଖାଦ୍ୟରେ ବି ସ୍ୱାଦିଷ୍ଟ ବ୍ୟଞ୍ଜନର ମଜା ନେଇପାରେ ।

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟାର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** – ଚତୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କାର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡ଼ିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ଶିଶୁ ଶ୍ରମିକ: ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ !

୧୯୮୬ ନଭେମ୍ବର ୨୦ ତାରିଖରେ ଜାତିସଂଘର ସାଧାରଣ ବୈଠକରେ ଶିଶୁଙ୍କର ୪ଟି ଅଧିକାର ସଂକ୍ରାନ୍ତରେ ବିଶଦ ଭାବରେ ଆଲୋଚନା କରାଯାଇଥିଲା। ଏହାର ପ୍ରଥମ ଧାରାରେ କୁହାଯାଇଛିଯେ ୧୮ବର୍ଷରୁ କମ୍ ବୟସ୍କ ବ୍ୟକ୍ତିହିଁ ଶିଶୁ। ଶିଶୁର ଅଧିକାରରେ ରହିଛି: (୧) ବଂଚିବାର ଅଧିକାର, (୨) ସୁରକ୍ଷା ବା ନିରାପତ୍ତାର ଅଧିକାର (୩) ସୁଶିକ୍ଷା ଅଧିକାର, (୪) ନିଜର ମତବ୍ୟକ୍ତ କରିବାର ଅଧିକାର। ଏହା ଫଳରେ ଶିଶୁଟି ସମସ୍ତ ଶୋଷଣ, ଯନ୍ତ୍ରଣା, ଭର୍ତ୍ସନା, ତା'ପ୍ରତି ଅସଦବ୍ୟବହାର ଇତ୍ୟାଦିରୁ ମୁକ୍ତି ପାଇପାରିବ। ଅନ୍ୟପକ୍ଷରେ ଏକ ନିଶ୍ଚିତ ଓ ନିଶ୍ଚିତ ନିରାପତ୍ତା ଜୀବନଯାପନ ସହିତ ସୁସ୍ଥ ଏବଂ ସବଳ ଜୀବନ ସହିତ ସୁଶିକ୍ଷା ପାଇପାରିବ।

ଶିଶୁର ଏହି ଅଧିକାରକୁ ଆହୁରି ସୁଗମ, ସ୍ବଚ୍ଛଳ ଓ ପିଛିଳ ପାଇଁ ଆମ ସରକାର ୨୦୧୦ ମସିହା ଏପ୍ରିଲ ୧୦ାରୁ ୬ରୁ ୧୪ବର୍ଷ ଯାଏଁ ଶିଶୁମାନଙ୍କୁ ବାଧ୍ୟତାମୂଳକ ଶିକ୍ଷାର ବ୍ୟବସ୍ଥା କରିଛନ୍ତି। ଫଳରେ ସେମାନେ ବିଦ୍ୟାଳୟ ଯିବେ। ଶିଶୁ ଶ୍ରମିକ ପ୍ରଥାରୁ ମୁକ୍ତି ପାଇବେ। ଏଥିପାଇଁ ସର୍ବଶିକ୍ଷା ଅଭିଯାନ ଆମ ଦୁଆର ଉଭା ହୋଇଛି।

'ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ' ହେଉଛି ସର୍ବଶିକ୍ଷା ଅଭିଯାନର ମୁଖ୍ୟ ଲକ୍ଷ୍ୟ। ଏହାରମାନେ ଏହି ଯେ ୬-୧୪ବର୍ଷ ଶିଶୁମାନେ ନିଶ୍ଚିତ ଭାବେ ବିଦ୍ୟାଳୟକୁ ଯିବେ; ସେଠି ମାଗଣାରେ ୧୪ବର୍ଷ ଯାଏଁ ପଢ଼ିବେ ଏବଂ ସ୍ବାସ୍ଥ୍ୟକର ପରିବେଶର ନିରୋଗଭାବେ ବଢ଼ିବେ। ଅର୍ଥାତ୍ ପୂର୍ବପରି ଏମାନେ ଶିଶୁଶ୍ରମିକ ଭାବେ ଖଟିବେ





ନାହିଁ। ମୋଟ ଉପରେ ଶିଶୁ ଶ୍ରମିକ ପ୍ରଥା ସଂପୂର୍ଣ୍ଣ ଉଚ୍ଛେଦହେବ। ଉତ୍ତମ ନାଗରିକ ଭାବେ ନିଜକୁ ଗଢ଼ିବାକୁ ହେଲେ ପ୍ରଥମେ ନିଜକୁ ଶିକ୍ଷିତ କରାଇବାକୁ ହେବ। ଏମାନଙ୍କୁ ୬-୧୪ର୍ଷ ମଧ୍ୟରେ ଶ୍ରମ ବା ଅର୍ଥନୈତିକ ସମସ୍ୟା ସହିତ ଜଡ଼ିତ ରଖାଯିବ ନାହିଁ।

ଶିଶୁମାନଙ୍କୁ ଶ୍ରମ ମୁକ୍ତ ରଖିବାପାଇଁ ଶିଶୁ ଶ୍ରମିକ ଆଇନ ରହିଛି। ୧୯୮୬ ଶିଶୁ ଶ୍ରମିକ ଆଇନ ଅନୁସାରେ ୧୩ଟି ବିପଜ୍ଜନକ ସଂସ୍ଥା ଓ ୫୭ଟି ବିପଦପୂର୍ଣ୍ଣ ସଂସ୍ଥାରେ ୧୪ବର୍ଷରୁ କମ୍ ବୟସର ପିଲାଙ୍କୁ ନିଯୁକ୍ତି ନିଷେଧ କରାଯାଇଛି। ଏମାନଙ୍କ ଭିତରେ ଅଛି ଅଟୋ ମୋବାଇଲ ଓ୍ୟାର୍କସପ୍, ଗ୍ୟାରେଜ, ଫାଉଣ୍ଡ୍ରି, ବିସ୍ଫୋରକ ସାମଗ୍ରୀ ପ୍ରସ୍ତୁତି, ତନ୍ତଶିଳ୍ପ, ଖଣି ଖାଦାନ, ପ୍ଲାଷ୍ଟିକ ବା ଫାଇବର କାରଖାନା ଇତ୍ୟାଦି। ଅନ୍ୟାନ୍ୟ ପ୍ରକ୍ରିୟା ଭିତରେ ଅଛି ବିଡ଼ି ବା ଅଗରବତୀ ତିଆରି, ଗାଲିଚା ବୁଣିବା, ମଣି କାଟିବା,



ପଲିସି , ତାଲା ତିଆରି, ଚୁଡ଼ି ପ୍ରସ୍ତୁତି ଓ ଜରି ତିଆରି ଇତ୍ୟାଦି ଅନ୍ତର୍ଭୁକ୍ତ। ଏବେ ସମସ୍ତଙ୍କ ପାଇଁ ଶିକ୍ଷାଯୋଜନାରେ ପ୍ରବର୍ତ୍ତିତ ସର୍ବଶିକ୍ଷା ଅଭିଯାନ ଶିଶୁମାନଙ୍କର ସାକ୍ଷରତା ହାର ବୃଦ୍ଧି କରିବାରେ ସହାୟକ ହେଉଛି। ଶିଶୁ ଶ୍ରମିକଙ୍କ ହାର ହ୍ରାସ କରିବାରେ ବିଦ୍ୟାଳୟ ମାନଙ୍କରେ ମାଗଣା ମଧ୍ୟାହ୍ନ ଭୋଜନ ବ୍ୟବସ୍ଥା, ମାଗଣା ଶିକ୍ଷା ଓ ପୋଷାକ ତଥା ସାଇକେଲ ଇତ୍ୟାଦି ସହାୟତା ବେଶ ଉତ୍କଣ୍ଠା ସୃଷ୍ଟି କରିଛି। ଯେଉଁ କ୍ଷେତ୍ରରେ ଶିଶୁଟିଏ ଶିକ୍ଷା ବିନିମୟରେ ଶ୍ରମ କରି ଅର୍ଥ ଉପାର୍ଜନ କରୁଛି, ସେତ ଅଣ କୁଶଳୀ ହୋଇ ରହୁଛି, ଅପରନ୍ତୁ ବିପଜ୍ଜନକ ଓ ବିପଦପୂର୍ଣ୍ଣ କାର୍ଯ୍ୟରେ ନିୟୋଜନ ହେତୁ ବେଳେବେଳେ ମୃତ୍ୟୁ ମୁଖରେ ପଡୁଛି ଅଥବା ଦୁର୍ଘଟଣା କାରଣରୁ ସବୁଦିନ ପାଇଁ ପଙ୍ଗୁ ଅଥବା ବିକଳାଙ୍ଗ ସାଜି ବେକାର ହୋଇ ଭିକାରୀ ଜୀବନ ଯାପନ କରୁଛି। ଏଥିରୁ ନିବୃତ୍ତି ରଖି ଶିଶୁମାନଙ୍କୁ ଉନ୍ନତ ଭାବରେ ଗଢ଼ିବାରେ ଏବେକାର ସରକାର ଶିକ୍ଷା, ସ୍ୱାସ୍ଥ୍ୟ, ନିରାପତ୍ତା ଏବଂ ପୁଷ୍ଟିସାଧନ ଆଜି ସୁବିଧା ଓ ସୁଯୋଗମାନ ଯୋଗାଇ ଚାଲିଛନ୍ତି।

ଶିଶୁ ଶ୍ରମିକ ପ୍ରଥା ଉଚ୍ଛେଦପାଇଁ ବ୍ୟବସ୍ଥାମାନ ଏବେ ଗ୍ରହଣ କରାଯାଉଛି। ସେଥିପାଇଁ ଶିକ୍ଷା, ଷ୍ଟାଇପେଣ୍ଡ, ପ୍ରୋତ୍ସାହନ, ପ୍ରେରଣା, ସ୍ୱାସ୍ଥ୍ୟ ଓ ଧନ୍ଦାମୂଳକ କାର୍ଯ୍ୟକ୍ରମକୁ ହାତକୁ ନିଆଯାଇଛି। ଜାତୀୟ ଶିଶୁ ଶ୍ରମିକ ପ୍ରକଳ୍ପ ଅନୁଯାୟୀ ନିୟୋଜିତ ଶିଶୁମାନଙ୍କୁ ତାଙ୍କ କର୍ମସଂସ୍ଥାନରୁ ଫେରାଇଆଣି ସର୍ବଶିକ୍ଷା ଅଭିଯାନ ଅନ୍ତର୍ଭୁକ୍ତ କରାଯାଉଛି। ସେମାନଙ୍କ ଶାରୀରିକ ଯଥାର୍ଥ ବୃଦ୍ଧି ସାଧନ ପାଇଁ ପୁଷ୍ଟିକର ଖାଦ୍ୟ ଯୋଗାଇ ଦିଆଯାଉଛି। ବିଭିନ୍ନ ସ୍ଥାନରେ ଆବଶ୍ୟକତାକୁ ନେଇ ସ୍ବତନ୍ତ୍ର ବିଦ୍ୟାଳୟ ମଧ୍ୟ ସ୍ଥାପନ ହେଉଛି। ଏହାସତ୍ତ୍ୱେ ଯଦି କୌଣସି ଶିଶୁ ନିୟୋଜନ ଥାଆନ୍ତି ସେଠି ପିତାମାତାଙ୍କୁ ପ୍ରବର୍ତ୍ତାଇବାକୁ ପଦକ୍ଷେପ ନିଆଯାଉଛି ଏବଂ ଶିଶୁଶ୍ରମିକ ନିୟୋଜନ କାରୀଙ୍କୁ ଉପଯୁକ୍ତ ଦଣ୍ଡବିଧାନ କରାଯାଉଛି। ସର୍ବଶିକ୍ଷା କାର୍ଯ୍ୟକ୍ରମ ଅନୁଯାୟୀ ଅଧୁନା ୬-୧୪ବର୍ଷ ଶିଶୁମାନଙ୍କୁ ବିଦ୍ୟାଳୟକୁ ଆଣି



ଶିକ୍ଷାଦେବାର ବ୍ୟବସ୍ଥା ତ୍ୱରାନ୍ୱିତ କରାଯାଉଛି।

ଏସବୁ ସତ୍ତ୍ୱେ ଭାରତରେ ଓଡ଼ିଶାରେ ଶିଶୁ ଶ୍ରମିକ ସଂଖ୍ୟା ସର୍ବାଧିକ। ୨୦୦୩ର ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଯେ ସେତେବେଳେ ଗଞ୍ଜାମରେ ଏହାଥିଲା ୬୫,୮୭୮ କେବଳ। ତା'ତଳକୁ ଥିଲା ମୟୁରଭଞ୍ଜ ୬୦,୪୨୪ ଶିଶୁଶ୍ରମିକ। ଏହି କ୍ରମରେ ଏବେବି ସୁନ୍ଦରଗଡ଼, କଟକ, ସମ୍ବଲପୁର, କେନ୍ଦ୍ରାପଡ଼ା, ଭଦ୍ରକ, ଅନୁଗୁଳ... ଇତ୍ୟାଦି ଅଛନ୍ତି।

ଓଡ଼ିଶାରେ ଗ୍ରାମାଞ୍ଚଳରେ ଅଧିକାଂଶ ଶିଶୁ ଶ୍ରମିକ ଚାଷ କାର୍ଯ୍ୟ, ଘରୋଇ ସେବା, ଜଙ୍ଗଲଜାତ ଦ୍ରବ୍ୟ ସଂଗ୍ରହ କରୁଥିବା ବେଳେ ସହରମାନଙ୍କରେ ହୋଟେଲ, ଗ୍ୟାରେଜ, ଜୋତା ପଲିସ୍, ଦରଜୀ ଦୋକାନ, କାଚ ଗୋଦାମ, ମାଛ ଗୋଦାମ, ତେଜରାତି



ଦୋକାନ ଏବଂ ଘରୋଇ ସେବାରେ ନିୟୋଜିତ ଅଛନ୍ତି। ଏତଦ୍‌ଭିନ୍ନ ବିଡ଼ି ତିଆରି, ଅଗରବତୀ ପ୍ରସ୍ତୁତି, କୋଇଲା ଓ ଲୁହାପଥର ସଂଗ୍ରହ, କବାଡ଼ି ଜିନିଷ ସଂଗ୍ରହ ଇତ୍ୟାଦିରେ ଶିଶୁମାନଙ୍କୁ ନିୟୋଜନ କରାଯାଉଛି। ଏହା ପ୍ରତ୍ୟେକ୍ଷ ବା ପରୋକ୍ଷ ଭାବରେ ଶିଶୁଶ୍ରମିକ ଓ ଶୋଷଣ ଅନ୍ତର୍ଭୁକ୍ତ ଅଟେ। ଏପ୍ରକାର ଶୋଷଣ ପାଇଁ ଆମ ଭିତରେ ଥିବା ପୁଞ୍ଜିପତି ଏବଂ ମୁନାଫାଖୋର ଗୋଷ୍ଠୀଦାୟୀ। ଏଥିପାଇଁ ବର୍ତ୍ତମାନ 'କ୍ୟାମ୍ପେନ୍ ଏଗ୍‌ନେଷ୍ଟ ଚାଇଲଡ୍ ଲେବର' ତରଫରୁ ସଂଗ୍ରାମ ଜାରିରହିଛି। ସେହିପରି ବାଳିକା ଶ୍ରମ ନିଷେଦ୍ଧକୁ ସ୍ୱତନ୍ତ୍ର ଆଇନ ଅଛି।

ଶିଶୁଶ୍ରମିକ ପ୍ରଥା ଲୋପପାଇଁ ଖାଲି ଆଇନ ଯଥେଷ୍ଟ ନୁହେଁ। ଏଥିପାଇଁ ସଚେତନତା ସୃଷ୍ଟିଦରକାର ଏବଂ ସର୍ବଶିକ୍ଷା ଅଭିଯାନର ବାସ୍ତବ ରୂପରେଖ ପାଇଁ ଆନ୍ତରିକ ପ୍ରଚେଷ୍ଟା ଦରକାର। ଏ ଦାୟିତ୍ୱ ମୋର, ଆପଣଙ୍କର ଏବଂ ସଭିଙ୍କର।

ଏହା ସତ୍ୟ ଯେ ଶିଶୁହିଁ ଏ ଜାତିର ଭବିଷ୍ୟତ ଏବଂ କର୍ଣ୍ଣଧାର। ତାକୁ ଠିକ୍ ଭାବରେ ଗଢ଼ି ତୋଳିବା ଦାୟିତ୍ୱ ଆମର।

# ରେମୁଣା ସମ୍ବାଦ ସାହିତ୍ୟ ଘର ପକ୍ଷରୁ ସ୍ୱାଭିମାନ ଦିବସ



ବାଲେଶ୍ୱର (ପିଏନ୍)- ରେମୁଣା ସମ୍ବାଦ ସାହିତ୍ୟ ଘର ଆନୁକୂଲ୍ୟରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜୟନ୍ତୀରେ ସ୍ୱାଭିମାନ ଦିବସ ସତ୍ୟବତୀ ନଗର ସମ୍ବାଦ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ସାହିତ୍ୟ ଘର ସଭାପତି ଡ. ଭାଗବତ ପ୍ରସାଦ ଦାସଙ୍କ ପୌରହିତ୍ୟରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି କ୍ଷୀରଚରା ଗୋପୀନାଥ ମନ୍ଦିର ନିର୍ବାହି ଅଧିକାରୀ ସରୋଜ କୁମାର ବେହେରା, ମୁଖ୍ୟ ବକ୍ତା ବାଲେଶ୍ୱର ଓକିଲ ସଂଘର ସଭାପତି ମନୋଜ କୁମାର ନାୟକ, ସମ୍ମାନିତ ଅତିଥି ଅବସର ପ୍ରାପ୍ତ ଅଧକ୍ଷ ଡ. ଶ୍ୟାମସୁନ୍ଦର ପଣ୍ଡା, ଆଇନ ଜିବୀ ମାୟାଧର ମାହାର୍ଣ୍ଣା, ସାହିତ୍ୟକ ବିଧାନ ଚନ୍ଦ୍ର ରାୟ, ଶିକ୍ଷାବିତ୍ ବିଷ୍ଣୁପଦ ପଣ୍ଡା, ସଂଗୀତ ଗୁରୁ ଗଙ୍ଗାଧର ସେଠୀ, ଡ. ସତ୍ୟରଞ୍ଜନ ଦାସ, କବି ନିରଞ୍ଜନ ସାହୁ, ଶିକ୍ଷାବିତ୍ ବୃନ୍ଦାବନ ବେହେରା, ଦିନବନ୍ଧୁ ଦାସ, କବି ଗଙ୍ଗାଧର ଦାସ ପ୍ରମୁଖ ଯୋଗ ଦେଇ କୁଳବୃଦ୍ଧ ଜାତିପ୍ରାଣ ମଧୁବାବୁଙ୍କ ତ୍ୟାଗପୁତ ଜୀବନର ମହନୀୟ ଗୁଣାବଳୀ ଆଲୋଚନା କରି ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହେବାକୁ ପରାମର୍ଶ ଦେଇଥିଲେ। ସଂଯୋଜକ ସାମ୍ବାଦିକ ଗୋବିନ୍ଦ ଚନ୍ଦ୍ର ପାଢ଼ୀ ସ୍ୱାଭିମାନ ଦିବସର ଆଭିମୁଖ୍ୟ ଓ ଆମ ଓଡ଼ିଶା ସମ୍ବାଦ ସାହିତ୍ୟ ଘରର କାର୍ଯ୍ୟଧାରା ସଂପର୍କରେ ଆଲୋକପାତ କରି ସମସ୍ତଙ୍କୁ ସ୍ୱାଗତ ଜଣାଇଥିଲେ। କବୟିତ୍ରୀ ସତ୍ୟଭାମା ମୁଦଲି ମଧୁବାବୁଙ୍କ ଆବାହନୀ ଓ ଉଦ୍‌ଯାପନୀ ସଂଗୀତ ଗାନ କରିଥିଲେ। ଦ୍ୱିତିୟ ଅଧିବେଶନରେ କବି ରବୀନ୍ଦ୍ର କୁମାର ବିଶ୍ୱାଳ, କବି ମଧୁସୂଦନ ପାଢ଼ୀ ଓ କୁମାରୀ ଇପ୍ସିତା ସ୍ୱାଇଁ ସଂଯୋଜନାରେ ମଧୁସୂଦନଙ୍କ ଜୀବନୀ ଆଧାରିତ ଓ ସ୍ୱାଭିମାନ ସଂପର୍କିତ ଏକ ମନୋଜ୍ଞ କବିତା ପାଠୋତ୍ସବ ଅନୁଷ୍ଠିତ ହୋଇଥିଲା। ଏଥିରେ ବ୍ୟଙ୍ଗ କବି ପ୍ରଭାକର ସାହୁ, ଯୋଗେଶ ଚନ୍ଦ୍ର ବେହେରା, ଗର୍ଗପଦ ପଣ୍ଡା, ହରେକୃଷ୍ଣ ଗିରି, ସୀତାନାଥ ଦାସ, ମିନତୀ ପାତ୍ର, ଡ. ରତ୍ନାକର ସିଂହ, ନିରଞ୍ଜନ ବେହେରା, ପ୍ରଦୀପ କୁମାର ଉପାଧ୍ୟା, ଷ୍ଟାଲିନ ମିଶ୍ର, ଦିବେନ୍ଦୁ ମଲ୍ଲିକ, କଞ୍ଚମଣି ସ୍ୱାଇଁ, ବାବୁଲି ନାୟକ, ସଇଦନ ବିବି, ଦୁଶମନ୍ତ ଦାସ, କବି ଚକ୍ରଧର ଦାସ, ସତ୍ୟ ନାରାୟଣ ପାକଳ, ନିରଞ୍ଜନ ମାହାର୍ଣ୍ଣା, ଜିତେନ୍ଦ୍ର କୁମାର ଘୋଷାଲ, ସଂଜୟ କୁମାର ପ୍ରଧାନ, ଯତିନ୍ଦ୍ରନାଥ ଜେନା, ରଶ୍ମିବାଳା ଦାସ, ଚକ୍ରଧର ଦାସ, ରାଧାରଞ୍ଜନ ଦାସ, ଇଶ୍ୱର ଚନ୍ଦ୍ର ବେହେରା, ବ୍ୟଙ୍ଗ କବି ପଦ୍ମଲୋଚନ ପ୍ରଧାନ, କାଳୀଚରଣ ବିନ୍ଧାଣୀ ପ୍ରମୁଖ ସ୍ୱରିତ କବିତା ପାଠ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ଇଂ ମାନସ କୁମାର ପାଢ଼ୀ, ବାବୁଲା ନାୟକ, କମଳା ନାୟକ ଙ୍କ ସମେତ ସାହିତ୍ୟ ଘରର ସଦସ୍ୟ ଓ ସଦସ୍ୟା ମାନେ ସହାୟତା କରିଥିଲେ। ଶେଷରେ କୋଷାଧକ୍ଷ ରମେଶ ଚନ୍ଦ୍ର ମହାରଣା ଧନ୍ୟବାଦ ଦେଇଥିଲେ।

# ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଅନୁଷ୍ଠିତ

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜିଲ୍ଲାପାଳ ଅମ୍ରିତ ଋତୁରାଜଙ୍କ ପୌରୋହିତ୍ୟରେ ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଜିଲ୍ଲା ଖାଉଟି ସୁରକ୍ଷା ପରିଷଦର ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ପିତାମ୍ବର ସାମଲ, ଉପଜିଲ୍ଲାପାଳ ନିରଞ୍ଜନ ବେହେରା, ଖାଉଟି ସୁରକ୍ଷା ପରିଷଦର ସଭାପତି, କେନ୍ଦ୍ରାପଡା ବିଧାୟକଙ୍କ ପ୍ରତିନିଧି, ପାଟକୁରା ବିଧାୟିକାଙ୍କ ପ୍ରତିନିଧି, ରାଜନଗର ବିଧାୟକଙ୍କ ପ୍ରତିନିଧି, କେନ୍ଦ୍ରାପଡା, ମହାକାଳପଡା, ଗରଦପୁର ବ୍ଲକ ଅଧକ୍ଷ, କେନ୍ଦ୍ରାପଡା ପୌରପରିଷଦର ଅଧକ୍ଷା, ମାପଯନ୍ତ୍ର ଓ ବଜାର ନିୟନ୍ତ୍ରଣର ଜିଲ୍ଲା ଓ ରାଜ୍ୟ ସ୍ତରୀୟ ଅଧିକାରୀ ଓ ଉପଭୋକ୍ତାମାନେ ଉପସ୍ଥିତ ରହି ଉକ୍ତ ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ପ୍ରାରମ୍ଭରେ ବୈଠକର ଆବାହକ ତଥା ଅତିରିକ୍ତ ଜିଲ୍ଲାପାଳ ଉପସ୍ଥିତ ସଦସ୍ୟଙ୍କୁ ସ୍ୱାଗତ ଜଣାଇବା ସହ ଖାଉଟି ସୁରକ୍ଷା ସମ୍ପର୍କରେ ବିଶେଷ ବିବରଣୀ ପ୍ରଦାନ କରିଥିଲେ। ଏଥିରେ ଖାଉଟି ସୁରକ୍ଷା ସଭାପତି ପ୍ରବୋଧ କୁମାର ଦାଶ କିପରି ଖାଉଟିଙ୍କ ସୁରକ୍ଷା ନିମନ୍ତେ ଜିଲ୍ଲା, ରାଜ୍ୟ ଓ କେନ୍ଦ୍ର ସ୍ତରରେ କମିଶନମାନ ଗଠନ କରାଯାଇଛି ଏବଂ ଜଣେ ସାଧାରଣ ଖାଉଟି ଏହାର ସଦୁପଯୋଗ କରି ନିଜର ହକ ପ୍ରାପ୍ତ କରିପାରିବ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ଏଥିସହ ସେ ଜଣେ ବୋଲେରୋ ହିତାଧିକାରୀ କିପରି ତାଙ୍କ ଗାଡିର ଚେଚିସ ଖରାପ ହୋଇଯିବାରୁ ସେ ମହିନ୍ଦ୍ରା କମ୍ପାନୀ ଠାରୁ ତାଙ୍କର କ୍ଷତିପୁରଣ ପାଇପାରିଲେ ଏକ ସୁନ୍ଦର ଉଦାହରଣ ମାଧ୍ୟମରେ ଘଟଣା ସମ୍ପର୍କରେ ବର୍ଣ୍ଣନା କରିଥିଲେ। ଏହା ପରେ ଓଜନ ଓ ମାପଯନ୍ତ୍ରର ଅଧିକାରୀ କିପରି ଭାବରେ ଜଣେ ହିତାଧିକାରୀ ହାତ ମାପ ଯନ୍ତ୍ର ଓ ଯାନ୍ତ୍ରିକ ମାପ ଯନ୍ତ୍ରର ଅନୀୟମୀତତାର ଠକାମିରେ ଶିକାର ନହେବ ସେ ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ।

# ଅଳିଆଗଦାରେ ତରକାରୀ ଆଇନ

କୌଣସି ଭୋଜିରେ ଅଥବା ହୋଟେଲ, ରେଷ୍ଟୁରାଣ୍ଟ, କ୍ୟାଣ୍ଟିନ୍, କ୍ଲବ ଆଦିରେ ଜଣେ ବ୍ୟକ୍ତିଙ୍କୁ ଦୁଇ ପ୍ରକାରରୁ ଅଧିକ ତରକାରୀ ପରସା ଯାଇପାରିବ ନାହିଁ । ଏ ସଂକ୍ରାନ୍ତରେ ଓଡ଼ିଶା ସରକାରଙ୍କ ସ୍ୱତନ୍ତ୍ର ଆଇନଗତ ବ୍ୟବସ୍ଥା ଥିଲେ ମଧ୍ୟ ଏହାକୁ ସରକାରୀକଳ ବି ମାନୁନାହିଁ। ସରକାର ଚଳାଉଥିବା ବ୍ୟକ୍ତିବିଶେଷ ଓ ଉଚ୍ଚ ପଦାଧିକାରୀମାନେ ନିଜ ନିଜର ପତିଆରା ପାଇଁ ସ୍ଥଳବିଶେଷରେ ୨୦ ପ୍ରକାରରୁ ଅଧିକ ବ୍ୟଞ୍ଜନ ପରିବେଷଣ କରାଉଥିଲେ ମଧ୍ୟ ତାହାକୁ ରୋକାଯାଇ ନଥିବାରୁ ସାଧାରଣ ଲୋକଙ୍କ ଉପରେ ଏହି ଆଇନଗତ ବ୍ୟବସ୍ଥାର ସାମାନ୍ୟ ପ୍ରଭାବ ପଡୁନାହିଁ। ଅତ୍ୟାବଶୀକୟ ସାମଗ୍ରୀ ଆଇନ ଆଧାରରେ ଭାରତ ସରକାରଙ୍କ କୃଷି ମନ୍ତ୍ରାଳୟ ୧୯୭୨ ମସିହାରେ ଏପରି ଏକ ବ୍ୟବସ୍ଥା ପ୍ରଣୟନ କରିଥିଲେ। ଓଡ଼ିଶା ସରକାର ୧୯୭୩ ମସିହାରେ 'ଓଡ଼ିଶା ଫୁଡ୍ ରେଷ୍ଟ୍ରିକ୍‌ସନ ଅନ୍ ସର୍ଭିସ ଅଫ୍ ମିଲ୍ସ ବାଇ କ୍ୟାଟରିଙ୍ଗ୍ ଏଷ୍ଟାବ୍ଲିଶମେଣ୍ଟ ଅର୍ଡ଼ର' ଗେଜେଟ ବିଜ୍ଞପ୍ତିରେ ପ୍ରକାଶ କରିଥିଲେ। ଏହି ଆଇନଗତ ବ୍ୟବସ୍ଥା ଅନୁଯାୟୀ ରାଜ୍ୟ ସରକାରଙ୍କ ଦ୍ୱାରା କ୍ଷମତାପ୍ରାପ୍ତ କୌଣସି ଅଧିକାରୀ କିମ୍ବା ଇନ୍ସପେକ୍ଟର ଓ ତଦୁର୍ଦ୍ଧ୍ୱ ପାହ୍ୟାର କୌଣସି ପୋଲିସ୍ ଅଧିକାରୀ ଦୁଇରୁ ଅଧିକ ବ୍ୟଞ୍ଜନ ପରସା ଯାଉଥିବା ଭୋଜି କ୍ଲବ, ହୋଟେଲ, କ୍ୟାଟରିଙ୍ଗ ସଂସ୍ଥା ଆଦି ଉପରେ ଚଢ଼ାଉ କରି ରନ୍ଧା ହୋଇଥିବା ସାମଗ୍ରୀ ଓ ରନ୍ଧନପାତ୍ର ଆଦିକୁ ଜବତ କରିବା ସହିତ ବ୍ୟବସ୍ଥାର ଉଲ୍ଲଘଂନ କରିଥିବା ବ୍ୟକ୍ତିଙ୍କୁ ଜେରା କରିପାରିବେ। କ୍ରିମିନାଲ ପ୍ରୋସିଡିଓର କୋଡ଼ରେ ଥିବା ବିଭିନ୍ନ ଧାରା ଅନୁଯାୟୀ ଖିଲାଫକାରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ହୋଇପାରେ ବୋଲି ଆଇନଗତ ବ୍ୟବସ୍ଥା ଅଛି। କେବଳ ଖାଦ୍ୟ ଯୋଗାଣକାରୀ ସଂସ୍ଥା ନୁହନ୍ତି, କୌଣସି ବ୍ୟକ୍ତି ଦୁଇରୁ ଅଧିକ ତରକାରୀ ଖାଇବାକୁ ନେଇପାରିବେ ନାହିଁ। ପ୍ରମୁଖ ଖାଦ୍ୟ ହିସାବରେ ଭାତ, ଡାଲି, ଚପାତି, ପରଟା, ପୁରି, ଲୁଚି ଆଦି ସହିତ ମାଛ, ମାଂସ କିମ୍ବା ପରିବାରେ ପ୍ରସ୍ତୁତ ଗୋଟିଏ ତରକାରୀ ଏବଂ ତାହାର ସହଯୋଗୀ ଭାବେ ପରିବା, ଅଣ୍ଡା, ମିଠା ଆଦିରେ ତିଆରି ଆଉ ଗୋଟିକୁ ବ୍ୟବହାର କରିପାରିବେ । ତେବେ ଏହି ତରକାରୀ ବ୍ୟତିତ ସୁପ୍, ବିସ୍କୁଟ, ଜାମ୍, ଜୁସ୍, ଭଜା, ପାମ୍ପଡ଼, ଚଟଣୀ, ଖଟା, ରାଇତା, ପିଆଜ, ଘିଅ, ଲହୁଣି, ଦହି, ଛେନା, ଦୁଗ୍ଧ, କଷ୍ଟାଡ଼ ଆଦି ସେବନ କରାଯାଇପାରିବ। ଖାଦ୍ୟ କଟକଣା ପାଇଁ ଆଇନରେ ଏହି ବ୍ୟବସ୍ଥା ଥିବାବେଳେ ଏବେ ସମ୍ଭ୍ରାନ୍ତ ଲୋକମାନଙ୍କର ବାହାଘର ଭୋଜିରେ ଆଠ ଦଶପ୍ରକାରର ଆମିଷ ଓ ଅନେକ କିସମର ନିରାମିଷ ବ୍ୟଞ୍ଜନ ପରସା ଯାଉଛି। ଯେଉଁମାନେ ଏହାକୁ ଜଗିବା କଥା ସେମାନେ ଭୋଜିଭାତ ଖାଇବା ସଙ୍ଗେ ସଙ୍ଗେ ସେଠାରେ ଆପ୍ୟାୟିତ ହେଉଥିବା ବିଶିଷ୍ଟ ଅତିଥିମାନଙ୍କ ନିରାପତ୍ତା କଥା ଦେଖୁଛନ୍ତି। ବିଦେଶରୁ ଆସୁଥିବା କୂଟନୈତିକ ଅତିଥିମାନଙ୍କୁ ଆପ୍ୟାୟିତ କରିବା ଲାଗି ଆୟୋଜିତ ନୈଶ୍ୟଭୋଜି ପାଇଁ ଏହି ଆଇନଗତ କଟକଣା ଲାଗୁନାହିଁ। ଓଡ଼ିଶା ସରକାର ସହରକୁ ଆସୁଥିବା ଦୂରଦୂରାନ୍ତର ସାଧାରଣ ଲୋକଙ୍କ ପାଇଁ ପାଞ୍ଚ ଟଙ୍କିଆ ଆହାର ଯୋଜନା ପ୍ରଣୟନ କରିଥିଲେ ବି ଏଥିରେ କିନ୍ତୁ ଅବ୍ୟବସ୍ଥା ଦେଖାଯାଉଛି। ଓଡ଼ିଶା ପରି ଅଭାବୀ ଓ ଗରିବ ରାଜ୍ୟରେ ଦିନରେ ଥରେ ମାତ୍ର ଖାଇବାକୁ ସକ୍ଷମ ନଥିବା ଅନେକ ଲୋକ ରହିଥିବାବେଳେ ସରକାରଙ୍କ ପ୍ରଣୀତ ବ୍ୟବସ୍ଥିତ ତରକାରୀ ଆଇନ ଅଳିଆଗଦାରେ ପଡ଼ିଛି। ଇଆଡ଼େ ଭୋଜି ପରଦିନ କୁଢ଼ କୁଢ଼ ବଳିଯାଇଥିବା ବା ଅତିଥିମାନେ ଛାଡ଼ିଥିବା ଅଇଁଠା ଖାଦ୍ୟ ଆବର୍ଜନା ପରିବେଶ ସୃଷ୍ଟି ମଧ୍ୟ କରୁଛି। ପରିବେଶ ପ୍ରଦୂଷଣ ହେଉଥିଲେ ବି ସମସ୍ତେ କିନ୍ତୁ ବେଫିକର। କଥା ହେଉଛି ତଥାକଥିତ ବଡ଼ବଡ଼ିଆମାନେ ନିଜର ଆତ୍ମସମୀକ୍ଷା ନକଲେ ଇଏ ଏକ ପ୍ରହସନ ହୋଇ ଯାହା ରହିବ।

# 'ମର୍ତ୍ତ୍ୟ ମଣ୍ଡଳେ ଦେହ ବହି...'

ଏହି ଅନିତ୍ୟ ସଂସାରରେ ଜନ୍ମ ନେଲେ ଯିବାକୁ ହିଁ ହୁଏ ଦିନେ। ବାସ୍ତବରେ ଯିବାଟା ହିଁ ସତ୍ୟ। ଯାହା ପ୍ରମାଣ କରେ ପୁଣିଥରେ ଆସିବାକୁ। ମାତ୍ର ଯେଉଁମାନେ ପରମପୁରୁଷ ଭଗବତ କୃପାଭିକ୍ଷୁ ଓ ସେବକ ସେମାନେ ଆପଣାର ସ୍ମୃତିର ପଦଚିହ୍ନ ଛାଡ଼ି ଯାଇଥାନ୍ତି ପରବର୍ତ୍ତୀ ସମୟର ଜନମାନସ ପାଇଁ। ସତ୍ୟ, ନ୍ୟାୟ ଓ ତ୍ୟାଗର କ୍ଷୁରଧାରକୁ ଅହର୍ନିଶ ପରୀକ୍ଷା କରୁଥିବା, ଜୀବନ ଯନ୍ତ୍ରଣାରେ ବେଦନାବିଦ୍ଧ ହୋଇ ପରପାଇଁ ସୁଖର ହସ ବାଣ୍ଟୁଥିବା ଜଣେ ସେହିପରି ଅବିସ୍ମରଣୀୟ ବ୍ୟକ୍ତିତ୍ୱ ଥିଲେ ଏହି ପରୋପକାରୀ ଆଧ୍ୟାତ୍ମିକ ସମାଜ ସେବିକା ସ୍ୱର୍ଗତାଃ ରୁକ୍ମଣୀ ଦେବୀ। ତାଙ୍କ ଜୀବନଟା ଥିଲା ଆମ ସମସ୍ତଙ୍କ ପାଇଁ ପ୍ରେରଣାର ଉତ୍ସ। ଏକ ବଡ଼ ଯୌଥ ପରିବାରରେ ଜନ୍ମ ହୋଇ ଦାୟିତ୍ୱ ନିର୍ବାହ କରି ଗରିବ, ଅନାଥ, ଅସହାୟ ଝିଅ ଓ ମହିଳା ମାନଙ୍କ ପାଇଁ ତାଙ୍କ ଜୀବନର ଶେଷ ନିଶ୍ୱତ୍ତି ହିଁ କାନ୍ଦୁଥିଲା। ସେ ଥିଲେ ମୋ ଆଧ୍ୟାତ୍ମିକ ସମାଜ ସେବାର ଉତ୍ସ ରୁକ୍ମଣୀ ମାଆ। ପିଲାବେଳର ସ୍ମୃତି ମନେପଡ଼ିଗଲା ବେଳେ ଭାବେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ତତ୍ତ୍ୱଜ୍ଞାନ ଯାହା ଥିଲା ସବୁବେଳେ ପ୍ରେରଣା, ସମାଜ ସେବା ହିଁ ବଡ଼ ଉତ୍ସ। ନିଜ ଜୀବନରେ ସେ କେବେ ନିଜର ସମାଜ ସେବାକୁ ପ୍ରଚାର ପ୍ରସାର ଚାହୁଁ ନଥିଲେ ଏବଂ ସଂଯୋଗ ବଶତଃ ମହାପ୍ରଭୁ ଶ୍ରୀଜଗନ୍ନାଥ ହାତଛନ୍ଦି ଥିଲେ ମୋ ଜୀବନ ସାଥି ଉଦୟ କୁମାର ଦାସଙ୍କ ସହିତ। ଯିଏ କି ଆଧ୍ୟାତ୍ମିକ ସମାଜ ସେବା ପାଇଁ ବଡ଼ ପ୍ରେରଣାର ଉତ୍ସ। ଶାସ୍ତ୍ରରେ ନାରୀମାନଙ୍କୁ ସପ୍ତ ସଦ୍‌ଗୁଣର ଅଧିକାରିଣୀ ବୋଲି କୁହାଯାଇଛି। ସତ୍ୟ, ପ୍ରେମ, ଧର୍ମ, ଶାନ୍ତି, ସହନ, ଆନନ୍ଦ ଓ ସ୍ୱାନୁଭୂତି। ସେ ଘରର ସ୍ତ୍ରୀ, ଯେ କି ଘରର ସୁନାମର ଆଧାର। ସେହିପରି ରାଜ୍ୟ ଦେଶ, ଏପରିକି ବିଶ୍ୱର ମର୍ଯ୍ୟାଦା ରକ୍ଷାରେ ନାରୀମାନଙ୍କର ମୁଖ୍ୟ ଭୂମିକା ରହିଛି। ଘର ଭିତରେ ନାରୀକୁ ଗୃହଲକ୍ଷ୍ମୀର ଉଚ୍ଚ ମର୍ଯ୍ୟାଦା ଦିଆଯାଇଛି। ପତି ଅସୁବିଧାର ସମ୍ମୁଖୀନ ହେବା ବେଳେ ପତ୍ନୀ ସଙ୍ଗେ ସଙ୍ଗେ ତାଙ୍କ ଦୁଃଖରେ ଭାଗୀ ହୁଏ ଏବଂ ପତି ତଥା ପରିବାରର କଲ୍ୟାଣ ପାଇଁ ଯେ କୌଣସି କାର୍ଯ୍ୟ କରିବାକୁ ଯେ କୌଣସି ଦୁର୍ଦ୍ଦଶା ଭୋଗିବାକୁ ଏପରିକି ନିଜର ଜୀବନ ତ୍ୟାଗ କରିବାକୁ ପ୍ରସ୍ତୁତ ଥାଏ। ଘରଣୀ ହିଁ ଘରର ସୁନାମ ପଛରେ ଥାଏ। ନାରୀ ତ୍ୟାଗସ୍ୱରୂପିଣୀ ଅଟେ। ପୁରୁଷ ତ୍ୟାଗ କରୁଥିଲେ ବି ସେଥିରେ ସ୍ୱାର୍ଥଭାବନା ଥାଏ, କିନ୍ତୁ ନାରୀର ତ୍ୟାଗ ପୁରାପୁରି ନିଃସ୍ୱାର୍ଥପର। ସେଥିପାଇଁ ଆମେ ଆମର ନାରୀମାନଙ୍କ ପାଇଁ ଗର୍ବ କରିବା ଉଚିତ।

ବ୍ରହ୍ମବୈବର୍ତ୍ତ ପୁରାଣରେ ବର୍ଣ୍ଣିତ ଅଛି– 'ଜଗତ ମାତା ଚ ପ୍ରକୃତିଃ ପୁରୁଷଶ୍ଚ ଜଗତ ପିତା। ଗରିୟସୀ ଜଗତାଂ ମାତା, ମାତା ଶତଗୁଣଂ ପିତା।।' ଅର୍ଥାତ୍ ଜଗତର ଜନ୍ମଦାତ୍ରୀ ହେଉଛନ୍ତି ମାତା। ଜଗତର ପାଳନ ବା ରକ୍ଷାକର୍ତ୍ତା ହେଉଛନ୍ତି ପୁରୁଷ। ସୁତରାଂ ଜନ୍ମଦାତ୍ରୀ ବା ଜଗତର ମାତା, ପିତାଙ୍କ ଠାରୁ ଶହେଗୁଣ ଅଧିକ ଶ୍ରେଷ୍ଠ। ନାରୀଙ୍କ ସ୍ଥାନ ସର୍ବଦା ଆଗରେ। ନାରୀକୁ ପ୍ରଥମ ସ୍ଥାନ ଦିଆଯାଇଛି। ଆଦି ମହୀୟସୀ ମହିଳାମାନେ ନିଜ ନିଜ କ୍ଷେତ୍ରରେ ସେମାନଙ୍କର କାର୍ଯ୍ୟଦକ୍ଷତା ଓ ଅଦମ୍ୟ ଶକ୍ତିର ପରାକାଷ୍ଠା ପ୍ରତିପାଦନ କରି କାଳଜୟୀ ହୋଇପାରିଛନ୍ତି। ନାରୀ ପୁରୁଷଙ୍କଠାରୁ କୌଣସି ଗୁଣରେ କମ ନୁହଁନ୍ତି। ନାରୀ ବିନା ଏ ସୃଷ୍ଟି ସମ୍ଭବ ନୁହେଁ। ନାରୀ ବିନା ସଂସାର କଳ୍ପନା ବୃଥା। ନାରୀ ବିନା ପୁରୁଷ ସମ୍ପୂର୍ଣ୍ଣ ହୋଇପାରେନା। ନର, ନାରୀ ଏକ ରଥର ଦୁଇ ଚକ। ଏକ ଶରୀରର ଦୁଇପାଦ। ଏକ ମୁଖର ଦୁଇ ନେତ୍ର। ଜଣକ ବିନା ଅନ୍ୟଟି ଅସମ୍ପୂର୍ଣ୍ଣ। ତେଣୁ ନାରୀକୁ ପୁରୁଷର ଅର୍ଦ୍ଧାଙ୍ଗିନୀ କୁହାଯାଏ। ଭାରତୀୟ ସଂସ୍କୃତି ଓ ଧର୍ମରେ ନାରୀକୁ ଆବହମନ କାଳରୁ ପୁରୁଷର ଏକ ଓ ଅବିଚ୍ଛିନ୍ନ ଅଙ୍ଗରୂପେ ସ୍ୱୀକାର କରାଯାଇଛି। ପତ୍ନୀ ବିନା ପତିର କୌଣସି ଧର୍ମକାର୍ଯ୍ୟ, ଯଜ୍ଞାଦି କର୍ମ ସଫଳ ହୁଏନା। ତେଣୁ ତ୍ରୈତ୍ତରୀୟ ପୁରାଣରେ ବର୍ଣ୍ଣିତ ଅଛି - 'ଅୟଜ୍ଞୋ ବା ଏଷ ପୋ ପତ୍ନୀକଃ।। ଅର୍ଥାତ୍ ଯିଏ ଅପତ୍ନୀକ, ତାର ଯଜ୍ଞପୂର୍ଣ୍ଣ ହୁଏନା। ପତ୍ନୀ ବିନା ଯଜ୍ଞ ଅସମ୍ଭବ ବା ଅପୂର୍ଣ୍ଣ ରହେ। ନାରୀ ସର୍ବଦା କଲ୍ୟାଣକାରୀ। ସେ ପୂଜ୍ୟା। ଗୃହର ଦୀପ୍ତି। ନାରୀ ଧର୍ମକାର୍ଯ୍ୟର ସହାୟିକା ଅଟନ୍ତି। କୁହାଯାଏ - ଦାରାଧିନ ସ୍ତଥା ସ୍ୱର୍ଗଃ... ଅର୍ଥାତ୍ ସ୍ୱର୍ଗ ସ୍ତ୍ରୀର ଅଧିନ ଅଟେ। ମନୁ ସଂହିତାରେ ବର୍ଣ୍ଣିତ ଅଛି - 'ଯତ୍ର ନାର୍ଯ୍ୟସ୍ତୁ ପୂଜ୍ୟନ୍ତେ ରମନ୍ତେ ତତ୍ର ଦେବତାଃ, ଯତ୍ରୈତାସ୍ତୁ ନ ପୂଜ୍ୟନ୍ତେ ସର୍ବାସ୍ତତ୍ରା ଫଳାଃ କ୍ରିୟାଃ।।' ଯେଉଁ ଗୃହରେ ନାରୀକୁ ସମ୍ମାନ ଦିଆଯାଏ, ସେଠାରେ ଦେବ ବାସ କରନ୍ତି। ଯେଉଁଠାରେ ତା'ର ତିରସ୍କାର ହୁଏ, ସେଠାରେ ସମସ୍ତ କାର୍ଯ୍ୟ ନିଷ୍ଫଳ ହୁଏ। ଜୀବନକାଳ ଭିତରେ ସବୁବେଳେ ସମାଜ ସେବା ଓ ଆଧ୍ୟାତ୍ମିକତା ଭିତରେ ଜୀବନ ନିର୍ବାହ କରିଥିବା ଏପରି କ୍ୱଚିତ ମହିଳାଙ୍କ ଜୀବନ ଆମ ପାଇଁ ପ୍ରେରଣାର ଉତ୍ସ।

ନାରୀମାନଙ୍କୁ ଅଷ୍ଟୈଶ୍ୱର୍ଯ୍ୟ ସ୍ୱରୂପିଣୀ ବୋଲି କୁହାଯାଇଛି। ସେଥିପାଇଁ ଆମ ସଂସ୍କୃତିରେ ପିତା, ଗୁରୁ ଓ ଭଗବାନଙ୍କ ଅପେକ୍ଷା ମାତାଙ୍କୁ ସର୍ବୋଚ୍ଚ ସ୍ଥାନ ଦିଆଯାଉଛି। ଯଥାର୍ଥରେ କୁହାଯାଇଛି 'ଯତ୍ର ନାର୍ଯ୍ୟାସ୍ତୁ ପୂଜ୍ୟନ୍ତେ ତତ୍ର ରମନ୍ତେ ସର୍ବ ଦେବତା'। ତେଣୁ ଉପନିଷଦରେ ବର୍ଣ୍ଣନା ଅଛି - ନାରୀମାନେ ଲକ୍ଷ୍ମୀ ସ୍ୱରୂପିଣୀ ହୋଇଥିବା ଯୋଗୁଁ ସେମାନଙ୍କୁ ସମ୍ମାନିତା କରାଯିବା ବେଳେ ହିଁ ପୃଥିବୀ ସମୃଦ୍ଧିଲାଭ କରିପାରିବ। ତୁମେ ଏହା ନିଜେ ଦେଖିପାରିବ ଯେଉଁଠାରେ ସଚ୍ଚରିତ୍ରା ନାରୀମାନେ ଥାଆନ୍ତି ସେଠାରେ ତୁମେ ସମସ୍ତ ସମୃଦ୍ଧି ପାଇପାରିବ। ତୁମେ ସମସ୍ତେ ଜାଣିଛ ଯେ ବିଶ୍ୱଯୁଦ୍ଧ ସମୟରେ ଅନେକ ଦେଶ କ୍ଷତିଗ୍ରସ୍ତ ହେଲେ। ଭାରତ ଯଦି ଅକ୍ଷୁର୍ଣ୍ଣ ରହିପାରିଲା, ତାହାର କାରଣ ହେଉଛି କେବଳ ସଚ୍ଚରିତ୍ରା ନାରୀମାନଙ୍କ ଉପସ୍ଥିତି। ଭାରତ ନିଜର ମହାନତା ଓ ଗାରିମା ପାଇଁ ନାରୀମାନଙ୍କ ନିକଟରେ ସମ୍ପୂର୍ଣ୍ଣ ଋଣୀ। ତେଣୁ ନାରୀ ମାନଙ୍କୁ ସମ୍ମାନ କର ଏବଂ ସେମାନଙ୍କୁ ସୁଖୀ କର। ଅତୀତ ହେଉ, ବର୍ତ୍ତମାନ ହେଉ ବା ଭବିଷ୍ୟତ ହେଉ ସର୍ବକାଳରେ ନାରୀ ହିଁ ପ୍ରଗତିର ମେରୁଦଣ୍ଡ, ଦେଶ ଓ ଜାତିର ହୃତ୍‌ପିଣ୍ଡ ଓ ପ୍ରାଣବାୟୁ ସଦୃଶ। ଭାରତର ମହାନ ସଂସ୍କୃତିର ସୁରକ୍ଷା କ୍ଷେତ୍ରରେ ନାରୀ ମାନଙ୍କର ଦାନ ଅତୁଳନୀୟ। ବୈଦିକ ଯୁଗରୁ ବର୍ତ୍ତମାନ ପର୍ଯ୍ୟନ୍ତ ନାରୀମାନେ ହିଁ ଭାରତୀୟ ସଂସ୍କୃତିର ସଂରକ୍ଷକ ଓ କର୍ଣ୍ଣଧାର ହୋଇ ଆସିଛନ୍ତି। ଆମ ଜନ୍ମଭୂମି ଭାରତରେ ଅମୃତୋପମ ଭାବ ହେଉଛି ନିଜର ମାତାଙ୍କ ପ୍ରତି ପ୍ରେମ। ଉତ୍ତମ ଚରିତ୍ର ହିଁ ପ୍ରକୃତ ସୌନ୍ଦର୍ଯ୍ୟ, ନୈତିକତା ନାରୀର ପ୍ରାଣବାୟୁ, ଲଜ୍ୟା ତା'ର ଜୀବନୀ ଶକ୍ତି ଓ କଠୋର ସତ୍ୟାନୁସରଣ ହିଁ ତା'ର ପ୍ରତିଦିନର କର୍ତ୍ତବ୍ୟ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ
ସମ୍ପାଦକୀୟ

**ଭୁବନେଶ୍ୱର, ୨୦୨୪, ନଭେମ୍ବର ୧୫**

# କାର୍ତ୍ତିକ ମାସ ଓ ବଡ଼ ଓଷା


ଯଶସ୍ୱିନୀ ପଟ୍ଟନାୟକ

ଉତ୍କଳୀୟ ସଂସ୍କୃତିରେ ବାର ମାସରେ ପଡ଼େ ତେର ପରବ । ତନ୍ମଧ୍ୟରୁ କାର୍ତ୍ତିକ ହେଉଛି ଶ୍ରେଷ୍ଠ ଧର୍ମ ମାସ । ଏଣୁ କଥାରେ ଅଛି, କାର୍ତ୍ତିକ ମାସ ପରି ମାସ ଏବଂ ସତ୍ୟଯୁଗ ପରି ଯୁଗ ଓ ଗଙ୍ଗାତୁଲ୍ୟ ତୀର୍ଥ ନାହିଁ । ଏହି ମାସକୁ ଓଡ଼ିଶାବାସୀ ଧର୍ମ ତଥା ପୁଣ୍ୟର ମାସଭାବେ କାହିଁ କେଉଁ କାଳରୁ ମାନିଆସୁଛନ୍ତି । ଏହି ମାସରେ ପ୍ରାତଃ ସ୍ନାନ ଓ ହବିଷ୍ୟ ଭୋଜନ ସ୍ୱାସ୍ଥ୍ୟ ପାଇଁ ଖୁବ୍ ଉପକାରୀ । ଦାମୋଦର ପୂଜା ଓ ମାଧବ ସ୍ମରଣ ଏହି ମାସରେ କରାଯାଏ । ଗାଁ ମାନଙ୍କରେ ମହିଳାମାନେ ଏକତ୍ରିତ ହୋଇ ତୁଳସୀ ଚଉଁରା ମୂଳରେ ଧୂପ, ଦୀପ, ମୁରୁଜ ଦେଇ ରାଧାରମଣଙ୍କୁ ପୂଜା କରିଥାଆନ୍ତି । ରାଧାକୃଷ୍ଣ ବନ୍ଦନା ସହ ତୁଳସୀର ମାହାତ୍ମ୍ୟ ଗାଇଥାଆନ୍ତି । ଏହି ମାସରେ ଆକାଶ ଦୀପ ଜାଳିବାର ଏକ ବିଶେଷ ମହତ୍ୱ ରହିଛି । ଏହାଦ୍ୱାରା ସ୍ୱର୍ଗର ଦେବାଦେବୀ ଓ ପିତୃପୁରୁଷଙ୍କୁ ଭକ୍ତିପୂତ ନିବେଦନ କରାଯିବାର ବିଶ୍ୱାସ ରହିଛି । କାର୍ତ୍ତିକ ମାସ ଶୁକ୍ଳପକ୍ଷ ଦ୍ୱିତୀୟା ତିଥି ଯମ ଦ୍ୱିତୀୟା ନାମରେ ପରିଚିତ । ପୂର୍ବେ ଏହି ଦିନ ଯମ ଭଉଣୀ ଯମୁନାଙ୍କ ଘରେ ଭୋଜନ କରିଥିଲେ । ଏଣୁ ବଡ଼ ଭଉଣୀଙ୍କ ଘରେ ଏହି ଦିନ ଭୋଜନ କଲେ ଆଶୀର୍ବାଦ ପ୍ରାପ୍ତି ହୁଏ । ଏହାକୁ କେହି କେହି ଭାତୃ ଦ୍ୱିତୀୟା କହିଥାଆନ୍ତି । ଏହି ମାସର ନବମୀ ତିଥିରେ ଅଁଳା ନବମୀ ପଡ଼େ । ସେଦିନ ଶ୍ରୀକୃଷ୍ଣ ଓ ଶ୍ରୀରାଧାଙ୍କ ପୂଜାର୍ଚ୍ଚନା ସହ ରାଧାପାଦ ଦର୍ଶନ କରାଯାଏ । ଏହାଦ୍ୱାରା ପୂଣ୍ୟଲାଭ ହୁଏ ବୋଲି ବିଶ୍ୱାସ ରହିଛି । ଏକାଦଶୀ ଠାରୁ ଆରମ୍ଭ ହୁଏ ପଞ୍ଚୁକ । ଆବାଳ ବୃଦ୍ଧବନିତା କାର୍ତ୍ତିକର ଏହି ପଞ୍ଚୁକରେ ପ୍ରତ୍ୟୁଷରୁ ସ୍ନାନାଦି କାର୍ଯ୍ୟ ସାରି ଦେବଦର୍ଶନ ଓ ପୂଜାର୍ଚ୍ଚନା କରାଯାଇଥାଏ । ପୂର୍ଣ୍ଣମୀ ପୂର୍ବଦିନ ପାଳିତ ହୋଇଥାଏ ଧବଳେଶ୍ୱରଙ୍କ ବଡ଼ଓଷା । ଖୁବ୍ ନିଷ୍ଠାର ସହ ଏହି ବ୍ରତ ପାଳନ କରାଯାଏ । ମହାଦେବ ଶିବଙ୍କୁ ଗଜ ପିଠା ଲାଗି କରାଯାଏ । କଳା, ଧଳା ଭୋଗ ଚଢ଼ାଯାଏ । କାର୍ତ୍ତିକ ଶେଷ ଦିନ ପ୍ରତ୍ୟୁଷରୁ ସ୍ନାନ ସାରି ନଦୀରେ ଡଙ୍ଗା ଭସାଯାଏ । ଓଡ଼ିଶାର ପୁରପଲ୍ଲୀରେ ଏହା ବେଶ୍ ଆଡ଼ମ୍ବରରେ ପାଳନ କରାଯାଏ ।

*ଅଧକ୍ଷା, ନାଳନ୍ଦା ପବ୍ଲିକ ସ୍କୁଲ, ସେକ୍ଟର-୮, ସିଡିଏ, କଟକ*

# ସେବା ଓ ଜ୍ଞାନର ତତ୍ତ୍ୱ


ନିରୂପମା ଭୂୟାଁ

ଗୁରୁଙ୍କ ନିକଟରେ ଜଣେ ଶିଷ୍ୟ ଦୀକ୍ଷା ଗ୍ରହଣ କରିବାକୁ ଆସିଲେ। ଯିଏକି ସ୍ୱଭାବରେ ବେଶ ଶାନ୍ତ ଓ ନମ୍ର ଥିଲେ। ନିଷ୍ଠାର ସହ ସେ ଗୁରୁଙ୍କ ସେବା କଲେ। ମାତ୍ର ଦୁର୍ବଳତା କେବଳ ଏତିକି ଥିଲା ଯେ ସେ ବିଦ୍ୟା ଅଧ୍ୟୟନ କରିବାକୁ ଆଦୌ ଚେଷ୍ଟା କରୁନଥିଲେ। ତେଣୁ ଗୁରୁ ଅଧିକାଂଶ ସମୟରେ ତାଙ୍କୁ ବିଦ୍ୟା ଅଧ୍ୟୟନ ପାଇଁ ପ୍ରେରିତ କରୁଥିଲେ। ମାତ୍ର ଫଳ ସବୁବେଳେ ନୈରାଶ୍ୟଜନକ ଥିଲା। ଏହାଛଡ଼ା ଶିଷ୍ୟ ଜଣଙ୍କ ସବୁବେଳେ କହୁଥିଲେ, 'ଗୁରୁଦେବ! ଆପଣ ଜଣେ ମହାନ୍ ଜ୍ଞାନୀ ପଣ୍ଡିତ ଯାହାଙ୍କ ସେବା କରିବାର ଅବସର ମୋତେ ମିଳିଛି। ତା'ଠାରୁ ବଡ଼ କାମ ଦୁନିଆଁରେ ଆଉ କିଛି ନାହିଁ। ତେଣୁ ବିଦ୍ୟା ଅଧ୍ୟୟନ କରି ଯେଉଁ କଲ୍ୟାଣ ଲାଭ କରିଥାଆନ୍ତି ତାହା ଆପଣଙ୍କ ସେବାରୁ ପାଉଛି।' ଦିନେ ଗୁରୁଦେବ ଶିଷ୍ୟକୁ ଜ୍ଞାନ ଓ ସେବାର ପ୍ରକୃତ ମୂଲ୍ୟ ସମ୍ବନ୍ଧରେ ବୁଝାଇବାକୁ ଯାଇ କହିଲେ, ''ଶିଷ୍ୟ! ସେବାର ସ୍ଥାନ ଜ୍ଞାନ କେବେ ନେଇପାରେ ନାହିଁ, କି ଜ୍ଞାନର ସ୍ଥାନ ସେବା କେବେ ନେଇପାରେ ନାହିଁ। ଯେପରି ଆଖିର ନିଜସ୍ୱ ଭୂମିକା ରହିଛି ସେପରି ଜ୍ଞାନର ମଧ୍ୟ ନିଜସ୍ୱ ଭୂମିକା ରହିଛି। ଅନ୍ୟର ଆଖି ସବୁବେଳେ ଅନ୍ୟର ହୋଇଥାଏ। ସେହିପରି ମୁଁ ଯେତେ ଜ୍ଞାନୀ ହୋଇଥିଲେ ବି ମୋ ଜ୍ଞାନ ମୋ ପାଖରେ। ଯଦି ତୁମେ କେବଳ ମୋର ସେବା କରିବ ବିଦ୍ୟାକୁ ପସନ୍ଦ କରିବ ନାହିଁ ତେବେ ମୋ ଜ୍ଞାନ ତୁମକୁ ପ୍ରାପ୍ତ ହେବନାହିଁ। କାରଣ ଅନ୍ୟର ଆଖି ପରି ଅନ୍ୟର ଜ୍ଞାନ ମଧ୍ୟ ବିପଦ ସମୟରେ କାର୍ଯ୍ୟରେ ଆସିନଥାଏ। ମାତ୍ର ଆଜିକାଲିର ଅଧିକାଂଶ ଗୁରୁ ଏଭଳି ଶିଷ୍ୟକୁ ଖୋଜି ବୁଲନ୍ତି ଯିଏ ତାଙ୍କ କଥାକୁ ଅନ୍ଧଭାବେ ବିଶ୍ୱାସ କରୁଥିବ।'' ଗୁରୁଙ୍କ ଏପରି ବାଣୀରେ ଶିଷ୍ୟ କୌଣସି ଉତ୍ତର ଦେଲା ନାହିଁ। ତେଣୁ ଗୁରୁ ଏହା ଉପରେ ଆଧାରିତ ଏକ କାହାଣୀ ଶୁଣାଇଲେ। ଜଣେ ବ୍ୟକ୍ତି ରହୁଥିଲେ। ତାଙ୍କର ଚାରଟି ପୁତ୍ର ଥିଲେ। ସେମାନେ ଆଜ୍ଞାକାରୀ ଓ ନମ୍ର ସ୍ୱଭାବର ଥିଲେ। ସମସ୍ତଙ୍କ ବିବାହ ହେଲା ଓ କିଛି ବର୍ଷର ଅନ୍ତରାଳରେ ସେମାନଙ୍କ ପରିବାର ପୂର୍ଣ୍ଣ ହୋଇଗଲା। ସମୟ ବିତିବାକୁ ଲାଗିଲା। ବ୍ୟକ୍ତି ଜଣଙ୍କ ବୃଦ୍ଧ ହେଲେ। ତାଙ୍କ ଶରୀର ଶକ୍ତିହୀନ ହେବା ସହ ଦୃଷ୍ଟିଶକ୍ତି କମିଗଲା। ବୃଦ୍ଧଙ୍କ ବୋହୂମାନେ ଅନେକ ଥର ଆଖି ଅସ୍ତ୍ରୋପଚାର କରାଇଲେ, ମାତ୍ର କିଛି ଫଳ ମିଳିଲା ନାହିଁ। ବୃଦ୍ଧ ଭାବୁଥିଲେ ଆଖି ନ ରହିଲେ ବି ପୁଅ ବୋହୂ ଓ ନାତି ନାତୁଣୀଙ୍କ ଆଖିରେ ସେ ବାକି ଜୀବନ ବିତାଇବେ। ସମୟ ଆସିଲା ବୃଦ୍ଧ ସମ୍ପୂର୍ଣ୍ଣ ଦୃଷ୍ଟିହୀନ ହୋଇଗଲେ। ପ୍ରତ୍ୟେକ କାର୍ଯ୍ୟରେ ଅନ୍ୟର ସହାୟତା ଲୋଡ଼ିଲେ। ଏହାସତ୍ତ୍ୱେ ପରିବାର ଲୋକେ ତାଙ୍କ ଧ୍ୟାନ ରଖୁଥିଲେ କିନ୍ତୁ ଦିନେ ରାତିରେ ଏଭଳି ସଙ୍କଟରେ ପଡ଼ିଲେ ଯେ ଯେଉଁଥିପାଇଁ ତାଙ୍କୁ ନିଜ ଜୀବନ ସବୁଦିନ ପାଇଁ ହରାଇବାକୁ ପଡ଼ିଲା। କାରଣ ରାତିରେ ହଠାତ୍ ନିଆଁ ଲାଗିବାରୁ ପରିବାର ଲୋକ କୌଣସି ଉପାୟରେ ଘରୁ ବାହାରକୁ ଚାଲିଗଲେ ମାତ୍ର ବୃଦ୍ଧ ଅନ୍ଧ ହୋଇଥିବାରୁ ଆସିବାର ବାଟ ଜାଣିପାରିଲେ ନାହିଁ। ଶେଷରେ ନିଆଁରେ ପୋଡ଼ି ହୋଇ ମରିଗଲେ। ଏହାପରେ ଗୁରୁ ଶିଷ୍ୟକୁ ପଚାରିଲେ ଯଦି ଉକ୍ତ ବୃଦ୍ଧର ନିଜସ୍ୱ ଆଖି ଥାଆନ୍ତା ତେବେ କ'ଣ ସେ ମୃତ୍ୟୁବରଣ କରିଥାଆନ୍ତା। ଶିଷ୍ୟ କହିଲା ନାଁ ଗୁରୁଜୀ। ଏହାପରେ ଗୁରୁ ଜାଣିପାରିଲେ ଯେ, ଶିଷ୍ୟ କିଛି କଥା ବୁଝି ପାରୁଛି। ଏଣୁ କହିଲେ, ଜୀବନରେ ସେବା କରିବା ସହ ଜ୍ଞାନ ଆହରଣ କରିବା ନିହାତି ଆବଶ୍ୟକ, ଯାହା ଭବିଷ୍ୟତରେ ବହୁ ବଡ଼ କାର୍ଯ୍ୟରେ ଆସିଥାଏ।

*ପୂର୍ବତନ ଜିଲ୍ଲା ସଂଯୋଜିକା (ଶିକ୍ଷା) ଶ୍ରୀ ସତ୍ୟସାଇ ସେବା ସଙ୍ଗଠନ, କେନ୍ଦ୍ରାପଡ଼ା ଜିଲ୍ଲା, ପଳାଇ ବାଲିଚନ୍ଦ୍ରପୁର, ଯାଜପୁର, ଦୂରଭାଷ : ୯୯୩୭୪୭୦୯୮୦*

# ଜୀବନ ଚେତନାରେ ଭଗବତ ଗୀତା


ଡକ୍ଟର ତପନ କୁମାର ପାଳ

ହିନ୍ଦୁ ପରମ୍ପରା ଅନୁଯାୟୀ ଶ୍ରୀମଦ୍ ଭଗବତ୍ ଗୀତାର ସୃଷ୍ଟି ଦିବସକୁ ଗୀତା ଜୟନ୍ତୀ ଭାବେ ପାଳନ କରାଯାଇଥାଏ। ମାର୍ଗଶୀର ଶୁକ୍ଳ ଏକାଦଶୀରୁ ଚତୁର୍ଦ୍ଦଶୀ ମଧ୍ୟରେ ଗୀତା ଜୟନ୍ତୀ ପାଳନ କରାଯାଇଥାଏ। ମହାଭାରତ ଯୁଦ୍ଧ ପୂର୍ବରୁ ଯୁଦ୍ଧ ଭୂମିରେ ଆତ୍ମୀୟ ସ୍ୱଜନଙ୍କୁ ଦେଖି ମୋହଗ୍ରସ୍ତ ହୋଇପଡ଼ିଥିବା ଅର୍ଜୁନଙ୍କୁ ଯୋଗୀରାଜ ଶ୍ରୀକୃଷ୍ଣ ଗୀତା ଉପଦେଶ ପ୍ରଦାନ କରିଥିଲେ। ଶ୍ରୀକୃଷ୍ଣ ଅର୍ଜୁନଙ୍କୁ ଛନ୍ଦ ରୂପରେ ଅର୍ଥାତ୍ ଗୀତା ଗାଇ ଉପଦେଶ ପ୍ରଦାନ କରିଥିଲେ। ସେଥିପାଇଁ ଏହାକୁ ଗୀତା କୁହାଯାଇଥାଏ। ସ୍ୱୟଂ ଭଗବାନଙ୍କ ମୁଖ ନିସୃତ ବାଣୀ ହୋଇଥିବାରୁ ଏହି ଗ୍ରନ୍ଥର ନାମ ଭଗବତ ଗୀତା ହୋଇଛି। ଏହି ମହାଗ୍ରନ୍ଥରେ ୧୮ ଅଧ୍ୟାୟ ଏବଂ ୭୦୦ଟି ଶ୍ଳୋକ ରହିଛି। ଭଗବତ ଗୀତାରେ ଏକାଧିକ ବିଦ୍ୟା ସମ୍ପର୍କରେ ଉଲ୍ଲେଖ ରହିଛି। ଏହି ବିଦ୍ୟାଗୁଡ଼ିକ ମଧ୍ୟରୁ ଚାରିଟି ବିଦ୍ୟା ପ୍ରମୁଖ। ଅଭୟ ବିଦ୍ୟା, ସାମ୍ୟ ବିଦ୍ୟା, ଈଶ୍ୱର ବିଦ୍ୟା ଏବଂ ବ୍ରହ୍ମ ବିଦ୍ୟା। ଅଭୟ ବିଦ୍ୟା ମୃତ୍ୟୁ ଭୟ ଦୂର କରିଥାଏ ବୋଲି ବିଶ୍ୱାସ ରହିଛି। ସେହିପରି ସାମ୍ୟ ବିଦ୍ୟା ରୋଗ ଦ୍ୱେଷରୁ ମୁକ୍ତି ଦେଇଥାଏ। ଜୀବ ମଧ୍ୟରେ ସମାନତାର ଭାବ ପ୍ରକଟ କରିଥାଏ। ଈଶ୍ୱର ବିଦ୍ୟା ପ୍ରଭାବରେ ସାଧକ ଅହଂ ଏବଂ ଗର୍ବ ଭଳି ବିକାରରୁ ରକ୍ଷା ପାଇଥାଏ। ବ୍ରହ୍ମ ବିଦ୍ୟା ଦ୍ୱାରା ଅର୍ନ୍ତଆତ୍ମାରେ ବ୍ରହ୍ମ ଭାବ ଜାଗ୍ରତ ହୋଇଥାଏ। ଗୀତା ମାହାତ୍ମ୍ୟ ବିଷୟରେ ଶ୍ରୀକୃଷ୍ଣ ପଦ୍ମ ପୁରାଣରେ କହିଛନ୍ତି ଯେ ଏ ଭବ ସାଗରର ବନ୍ଧନରୁ ମୁକୁଳିବା ନିମନ୍ତେ ଗୀତା ହିଁ ଏକମାତ୍ର ପବିତ୍ର ଗ୍ରନ୍ଥ। ଗୀତାର ଉଦ୍ଦେଶ୍ୟ ଈଶ୍ୱରଙ୍କ ଜ୍ଞାନ ବୋଲି ବିବେଚନା କରାଯାଇଥାଏ। ଗୀତା ଏକ ପୂଣ୍ୟ ଗ୍ରନ୍ଥ, ଯାହା ଘରେ ଘରେ ପରିଚିତ। ଏହାକୁ ପୂଜା କରିବାର ବିଧି ମଧ ରହିଛି। ଭଗବାନ ଶ୍ରୀକୃଷ୍ଣ ମହାଭାରତ ଯୁଦ୍ଧଭୂମିରେ ଏହି ଗୀତା ଶିଖା ଅର୍ଜୁନଙ୍କୁ ଶୁଣାଇଛନ୍ତି। ଆଜି ଦେଶରେ ଗୀତା ଜୟନ୍ତୀ ପାଳିତ ହେଉଛି। ଶ୍ରୀମଦ୍ ଭାଗବତ ଗୀତା ହେଉଛି ମହାଭାରତର ଅଂଶ। ଶ୍ରୀ ବ୍ୟାସଦେବ ହେଉଛନ୍ତି ଏହାର ସଙ୍କଳନ କର୍ତ୍ତା। ଶ୍ରୀକୃଷ୍ଣ ନିଜ ଉପଦେଶର ଅଧିକାଂଶ ଶ୍ଳୋକରେ ହିଁ କହିଥିଲେ ବ୍ୟାସଦେବ ତାହା ଅବିକଳ ଲିପିବଦ୍ଧ କରିଛନ୍ତି। ଯେଉଁ ଅଂଶ ସେ ଗଦ୍ୟରେ କହିଥିଲେ, ତାହା ବ୍ୟାସଦେବ ନିଜେ ଶ୍ଳୋକବଦ୍ଧ କହିଦେଇଛନ୍ତି, ତା'ସଙ୍ଗେ ସଙ୍ଗେ ସେ ଅର୍ଜୁନ, ସଞ୍ଜୟ ଏବଂ ଧୃତରାଷ୍ଟ୍ରଙ୍କ ବଚନକୁ ମଧ୍ୟ ନିଜ ଭାଷାରେ ଶ୍ଳୋକବଦ୍ଧ କରିଛନ୍ତି। ଗୀତାରେ ପ୍ରକୃତ ଶ୍ରୀକୃଷ୍ଣ କଥିତ ଶ୍ଳୋକ ସଂଖ୍ୟା ୬୨୦, ଅର୍ଜୁନ କଥିତ ଶ୍ଳୋକ ସଂଖ୍ୟା ୫୭, ସଞ୍ଜୟ କଥିତ ଶ୍ଳୋକ ସଂଖ୍ୟା ୬୭ ଏବଂ ଧୃତରାଷ୍ଟ୍ରଙ୍କ ଦ୍ୱାରା ଗୋଟିଏ ଶ୍ଳୋକ କଥିତ। ଏହି ୭୪୫ ଶ୍ଳୋକରେ ସଂପୂର୍ଣ୍ଣ ହୋଇଥିବା ଗୀତା ଗ୍ରନ୍ଥକୁ ଅଠର ଅଧ୍ୟାୟରେ ବିଭକ୍ତ କରି ମହାଭାରତର ଅଂଶ ଭାବେ ଯୋଗ କରିଛନ୍ତି। ଗୀତାର ୧୮ଟି ଅଧ୍ୟାୟ ହେଉଛି ୧୮ଟି ଯୋଗ । ପ୍ରଥମ ୬ ଅଧ୍ୟାୟରେ ନିଷ୍କାମ କର୍ମଯୋଗ, ଦ୍ୱିତୀୟ ୬ ଅଧ୍ୟାୟରେ ଭକ୍ତିଯୋଗ ଏବଂ ଶେଷ ୬ ଅଧ୍ୟାୟରେ ଜ୍ଞାନଯୋଗ ବର୍ଣ୍ଣନା କରାଯାଇଛି।

ଧର୍ମ-ଅଧର୍ମ, ସତ୍ୟ-ଅସତ୍ୟର ଯୁଦ୍ଧ ମହାଭାରତରେ କୌରବ ଏବଂ ପାଣ୍ଡବଙ୍କ ସେନା ପରସ୍ପରର ସାମ୍ନାସାମ୍ନି ଥିଲେ। ଅର୍ଜୁନଙ୍କ ସାରଥୀ ଭଗବାନ ଶ୍ରୀକୃଷ୍ଣ ରଥକୁ ଦୁଇ ସେନାଙ୍କ ମଧ୍ୟଭାଗକୁ ନେଇଗଲେ। ଅର୍ଜୁନ ଦେଖିଲେ ଯେ ତାଙ୍କ ସମ୍ମୁଖରେ ପିତାମହ ଭୀଷ୍ମ, ଗୁରୁ ଦ୍ରୋଣାଚାର୍ଯ୍ୟ, କୃପାଚାର୍ଯ୍ୟ ଏବଂ ତାଙ୍କ ଭ୍ରାତା, ସମ୍ପର୍କୀୟମାନେ ବିରୋଧୀ ପକ୍ଷରେ ଛିଡ଼ା ହୋଇଥିଲେ। ଅର୍ଜୁନ ସାହସ ହରାଇଲେ। ସେ ଶ୍ରୀକୃଷ୍ଣଙ୍କୁ କହିଲେ, ନିଜ ସ୍ୱଜନ ଏବଂ ନିର୍ଦ୍ଦୋଷ ସୈନିକଙ୍କ ହତ୍ୟା କରିବା ଫଳରେ ଯେଉଁ ମୁକୁଟ ହାସଲ ହେବ, ତାହା ମୋତେ କି ସୁଖ ପ୍ରଦାନ କରିବ ? ଅର୍ଜୁନ ସମ୍ପୂର୍ଣ୍ଣ ଭାବେ ଅବସାଦଗ୍ରସ୍ତ ହୋଇପଡ଼ିଥିଲେ। ସେ ନିଜ ଅସ୍ତ୍ରଶସ୍ତ୍ର କୃଷ୍ଣଙ୍କ ସମ୍ମୁଖରେ ଭୂମି ଉପରେ ରଖି ତାଙ୍କ ମାର୍ଗଦର୍ଶନ ମାଗିଲେ। ଏହି ସମୟରେ ଶ୍ରୀମଦ୍‌ଭାଗବତ ଗୀତାର ଜନ୍ମ ହୋଇଥିଲା। ଭଗବାନଙ୍କ ମୁଖ ନିସୃତବାଣୀକୁ ମହର୍ଷି ବେଦବ୍ୟାସ ଲିପିବଦ୍ଧ କରିଥିଲେ। ଏହା ହିଁ ଭଗବତ୍ ଗୀତା ଗ୍ରନ୍ଥର ରୂପ ନେଇଥିଲା। ଗୀତାର ଆଧ୍ୟାତ୍ମିକ ସିଦ୍ଧାନ୍ତ ସ୍ୱୟଂସିଦ୍ଧ। ବିଶ୍ୱର ଅନେକ ବିଦ୍ୱାନ ଗୀତାକୁ ଧର୍ମ, ଜ୍ଞାନ, ଭକ୍ତି, ଉପାସନା ଏବଂ କର୍ମର ଗୁଢ଼ଗମ୍ଭୀର ମୀମାଂସା ବିଷୟ ଉଲ୍ଲେଖ ଥିବା ଶ୍ରେଷ୍ଠ ଗ୍ରନ୍ଥ ବୋଲି ମାନିଛନ୍ତି। ଭାରତୀୟ ବେଦାଚାର୍ଯ୍ୟମାନେ ଏହାକୁ ଉପନିଷଦ ବୋଲି ମାନିଛନ୍ତି। ମହାଭାରତ ଯୁଦ୍ଧ କ୍ଷେତ୍ରରେ ମୋହଗ୍ରସ୍ତ ହୋଇପଡ଼ିଥିବା ଅର୍ଜୁନଙ୍କୁ ଭଗବାନ ଶ୍ରୀକୃଷ୍ଣ କର୍ମଯୋଗର ପାଠ ପଢ଼ାଇ ତାଙ୍କୁ କର୍ମପ୍ରବୃତ୍ତ କରିଥିଲେ। ଶ୍ରୀକୃଷ୍ଣ ଅର୍ଜୁନଙ୍କୁ ବୁଝାଇଥିଲେ ଯେ ମାନବ ଶରୀର ହେଉଛି ତାଙ୍କ ପାଇଁ ପ୍ରଥମ ଶତ୍ରୁ। ଅର୍ଜୁନ କେବଳ ସେହି ପାପୀ ଶରୀରର ଅନ୍ତ କରିବେ, ଆତ୍ମାର ନୁହେଁ। ମୃତ୍ୟୁବରଣ କରିବା ପରେ ସମସ୍ତ ଆତ୍ମା ସେହି ଅନନ୍ତ ଆତ୍ମାରେ ବିଲୀନ ହୋଇଯାଇଥାନ୍ତି। ଶରୀର କ୍ଷୟଶୀଳ, କିନ୍ତୁ ଆତ୍ମା ଅମର। ଆତ୍ମାକୁ କୌଣସି ପ୍ରକାରେ ନଷ୍ଟ କରାଯାଇପାରିବ ନାହିଁ। ଏହି ଅବସରରେ ଶ୍ରୀକୃଷ୍ଣ ପରମତତ୍ତ୍ୱଙ୍କ ସେହି ପ୍ରକୃତିର ଦର୍ଶନ ଅର୍ଜୁନଙ୍କୁ କରାଇଥିଲେ। ଭଗବାନଙ୍କ ଅନନ୍ତସ୍ୱରୂପରେ ସମଗ୍ର ବ୍ରହ୍ମାଣ୍ଡ ନିହିତ ଥିବା ଜାଣି ଅର୍ଜୁନଙ୍କର ହୃଦ୍‌ବୋଧ ହୋଇଥାଏ ଯେ ସେ ଯାହା କରିବାକୁ ଯାଉଛନ୍ତି, ସବୁକିଛି ବିଧି ନିର୍ଦ୍ଧାରିତ। ଗୀତାର ୧୮ଟି ଅଧ୍ୟାୟ ମାଧ୍ୟମରେ ଜୀବନର ସିଦ୍ଧ ସୂତ୍ର ସମଗ୍ର ମାନବ ଜଗତ ପାଇଁ ଭଗବାନ ଶ୍ରୀକୃଷ୍ଣ ପ୍ରଦାନ କରି ଯାଇଛନ୍ତି। ଏଥିରେ ଜ୍ଞାନ, କର୍ମ, ଭକ୍ତି, ରାଜବିଦ୍ୟା, ବିଭୂତି ଠାରୁ ମୋକ୍ଷର ମାର୍ଗ ସମ୍ପର୍କରେ ଉଲ୍ଲେଖ ରହିଛି। ଗୀତାର ଅମୃତ ଜ୍ଞାନ ହେଉଛି 'ହେ ଅର୍ଜୁନ। କେବଳ କର୍ମ ଉପରେ ତୁମର ଅଧିକାର ରହିଛି, ଫଳ ଉପରେ ନୁହେଁ। ଏଣୁ ଫଳର ଆଶା ନକରି କର୍ମ କର। କର୍ମ ନକରିବା ଲାଗି ମଧ୍ୟ ତୁମ ମନରେ ଆସକ୍ତି ଉତ୍ପନ୍ନ ନହେଉ। ବିଷୟର ଚିନ୍ତନ କରିବା ଦ୍ୱାରା ମନୁଷ୍ୟ ମନରେ ବସ୍ତୁବାଦୀ ଦୁନିଆ ପ୍ରତି ଆସକ୍ତି ଉତ୍ପନ୍ନ ହୋଇଥାଏ। ଯାହା କାମନାକୁ ଜନ୍ମ ଦେଇଥାଏ। ଏଥିରୁ କ୍ରୋଧ ଉତ୍ପନ୍ନ ହୋଇଥାଏ। କ୍ରୋଧରୁ ମୋହ ଏବଂ ମୋହ ସ୍ମୃତିଶକ୍ତିକୁ ଭ୍ରମିତ କରିଥାଏ। ସ୍ମୃତି ଲୋପ ପାଇଗଲେ ଉଚିତ-ଅନୁଚିତ୍ ବିଚାର କରୁଥିବା ବୁଦ୍ଧି ନଷ୍ଟ ହୋଇଯାଇଥାଏ। ବୁଦ୍ଧି ନଷ୍ଟ ହୋଇଗଲେ ସ୍ୱୟଂ ମନୁଷ୍ୟ ନଷ୍ଟ ହୋଇଯାଇଥାଏ। ଯେଉଁ ମୂଢ଼ବୁଦ୍ଧି ଇନ୍ଦ୍ରିୟକୁ ହଟପୂର୍ବକ ନିୟନ୍ତ୍ରଣ କରି ମନରେ ତାର ଚିନ୍ତନ କରିଥାଏ, ସେ ମିଥ୍ୟାଚାରୀ ହୋଇଥାଏ। କିନ୍ତୁ ଯିଏ ଇନ୍ଦ୍ରିୟକୁ ମନ ଦ୍ୱାରା ସଂଯମ କରିଥାଏ ସେ ନିରାସକ୍ତ ହୋଇଥାଏ। ଏହା ହିଁ କର୍ମଯୋଗର ଶ୍ରେଷ୍ଠ ଆଚାରଣ। ଯିଏ ଦ୍ୱେଷ ଭାବରୁ ମୁକ୍ତ ହୋଇଥାଏ, ନିସ୍ୱାର୍ଥୀ ହୋଇଥାଏ, ସମସ୍ତଙ୍କୁ ପ୍ରେମ କରିଥାଏ ଏବଂ ଦୟାଳୁ ତଥା ମମତାମୟ ହୋଇଥାଏ, ଅହଂକାର ମୁକ୍ତ ହୋଇଥାଏ, ସୁଖ-ଦୁଃଖରେ ସମାନ ଅନୁଭବ କରିଥାଏ ଏବଂ କ୍ଷମାଶୀଳ ହୋଇଥାଏ। ନିରନ୍ତର ସନ୍ତୁଷ୍ଟ ରହିଥାଏ। ମନ ଏବଂ ଶରୀରକୁ ନିଜ ନିୟନ୍ତ୍ରଣରେ ରଖି ଦୃଢ଼ ସଂକଳ୍ପବଦ୍ଧ ହୋଇଥାଏ, ସେଭଳି ଭକ୍ତ ମୋର ଅତିପ୍ରିୟ। ମନରେ ପ୍ରସନ୍ନତା, ଶାନ୍ତ ଭାବ, ଭଗବାନ ଚିନ୍ତନର ସ୍ୱଭାବ, ମନର ନିଗ୍ରହ ଏବଂ ଅନ୍ତଃକରଣ ଭାବନାର ପବିତ୍ରତାକୁ ମନ ସମ୍ବନ୍ଧୀୟ ତପ କୁହାଯାଏ।'

*ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ, ଷ୍ଟାଫ କଲୋନୀ, ଦେଉଳ ସାହି, ତୁଳସୀପୁର, କଟକ*

# କ୍ରୋଧ ମନୁଷ୍ୟର ପରମ ଶତ୍ରୁ


ନାରାୟଣ ଚନ୍ଦ୍ର ବିଶ୍ୱାଳ

କାମ, କ୍ରୋଧ, ଲୋଭ, ମୋହ, ମଦ ଓ ମାତ୍ସର୍ଯ୍ୟ ହେଉଛି, ମନୁଷ୍ୟର ଷଡ଼ରିପୁ । ଯେଉଁଗୁଡ଼ିକ ପଦେ ପଦେ ମନୁଷ୍ୟକୁ ବିପଥଗାମୀ କରାଇ ଅଧଃପତନ ଆଡ଼କୁ ଟାଣି ନେଇ ଥାନ୍ତି । ଏମାନେ ଗୋଟିଏ ଗୋଟିଏ ଅତି ବିପଦ୍‌ଜନକ ଅନଃଦସ୍ୟୁ । ଏହି ଷଡ଼ରିପୁ ମଧ୍ୟରୁ ପ୍ରଥମ ତିନୋଟିକୁ ଜୟ କରି ପାରିଲେ ଅନ୍ୟ ତିନୋଟି ସହଜରେ ବଶ ହୋଇଥାନ୍ତି । କ୍ରୋଧ ହେଉଛି ମନୁଷ୍ୟର ଦ୍ୱିତୀୟ ଶତ୍ରୁ । ଆଧ୍ୟାତ୍ମିକ ଶାସ୍ତ୍ରରେ ଉଲ୍ଲେଖ ରହିଛି - 'କ୍ରୋଧ ହିତ୍ୱା ନ ଶୋଚତି' । କ୍ରୋଧୀ ଲୋକ କେବେ ଆନନ୍ଦ ପାଇନଥାଏ ଏବଂ ସର୍ବଦା ଦୁଃଖ ଦୁର୍ଦ୍ଦଶା ଭୋଗ କରେ । ପ୍ରକୃତରେ କାମନାପୂର୍ଣ୍ଣ ଜୀବନରୁ ହିଁ କ୍ରୋଧ ଜନ୍ମ ନିଏ । ଆମେ ଜାଣିଥାଉ ଯେ କସ୍ମିନ କାଳେ ମନୁଷ୍ୟ ତାର ସମସ୍ତ କାମନା ପୂରଣ କରି ପାରିବ ନାହିଁ । କାରଣ ଗୋଟିଏ କାମନା ଚରିତାର୍ଥ ହେବାକ୍ଷଣି ପୁନଶ୍ଚ ଅନେକଗୁଡ଼ିଏ କାମନା ଆସି ପହଞ୍ଚିଯାଏ । ଫଳତଃ ସମସ୍ତ କାମନା ଗୁଡ଼ିକୁ ପୂରଣ କରିବା ସଂଭବପର ହୁଏ ନାହିଁ । ତେଣୁ କାମନାଗୁଡ଼ିକ ପ୍ରତିହତ ହେବା ଫଳରେ କ୍ରୋଧ ଜାତ ହୋଇତାଏ । ଅର୍ଥାତ୍ କାମନା ଅପ୍ରାପ୍ତିରୁ ହିଁ କ୍ରୋଧର ଉତ୍ପତ୍ତି । କ୍ରୋଧଜାତ ହେବା ସଙ୍ଗେ ସଙ୍ଗେ ମନୁଷ୍ୟ ଠାରେ ହିଂସା ପ୍ରବୃତ୍ତି ଜାଗି ଉଠେ । ସେ କ୍ରୋଧାନ୍ଧ ହୋଇ ସର୍ବଦା ପ୍ରତିଶୋଧ ନେବାକୁ ସଂକଳ୍ପ କରେ ଏବଂ ନାନାବିଧ ହିଂସା, ଦ୍ୱେଷ, ଦଙ୍ଗା, ହଙ୍ଗାମା, ନରହତ୍ୟା ଆଦି କୁକର୍ମ କରିବାକୁ ପଛେଇ ନଥାଏ । ତେଣୁ କ୍ରୋଧକୁ ଜୟ କରି ପାରିଲେ ହିଂସା ଭାବ ଉଦ୍ରେକ ହୁଏନାହିଁ ।

କ୍ରୋଧ ମନୁଷ୍ୟର ପରମ ଶତ୍ରୁ । ଥରେ କ୍ରୋଧ ଜାତ ହେଲେ ମନ ଉପରେ ସଂଯଜ ଓ ଆୟତ୍ତ ରହେ ନାହିଁ । ମନୁଷ୍ୟର ବୁଦ୍ଧି ହଜିଯାଏ ଏବଂ ତା ଠାରେ ହିତାହିତ ଜ୍ଞାନ ରହେ ନାହିଁ । କ୍ରୋଧୀର ଶରୀରରେ ଅକଥନୀୟ ଓ ଅଭୂତପୂର୍ବ କ୍ଷତି ଘଟେ । ଦେଖାଯାଇଛି ଯେ ମନୁଷ୍ୟ ଥରେ ରାଗିଲେ ତାର ୭୨ଟି ମାଂସପେଶୀ ଉତ୍ତେଜିତ ହୁଅନ୍ତି ଏବଂ ଶରୀର ଥରିବାକୁ ଆରମ୍ଭ କରେ । ଶରୀରର ସମସ୍ତ ରକ୍ତ ତାତି ଯାଏ ଏବଂ ପୁଣି ଶୀତଳ ହୋଇ ସ୍ୱାଭାବିକ ବା ସ୍ୱଭାବିକ ସ୍ତରକୁ ଆସିବା ପାଇଁ ତିନିମାସ ଲାଗେ । ଜଣାଯାଇଛି ଯେ ଗୋଟିଏ ମୁହୂର୍ତ୍ତର କ୍ରୋଧ ଛଅ ମାସ ଖାଦ୍ୟରୁ ମନୁଷ୍ୟ ଆହରଣ କରିଥିବା ଶକ୍ତିକୁ ନଷ୍ଟ କରିଦିଏ । ଏହିପରି ଭାବରେ ମନୁଷ୍ୟର କ୍ରୋଧ ବଢ଼ିବା ସଙ୍ଗେ ସଙ୍ଗେ ଶରୀରର ଦୁର୍ବଳତା ମଧ୍ୟ ବୃଦ୍ଧି ପାଇଥାଏ ଏବଂ ଆୟକ୍ଷୟ ହୋଇଥାଏ । ତେଣୁ ରାଗି ଲୋକ ତାର ସ୍ୱାସ୍ଥ୍ୟ ହରାଏ । ଶାସ୍ତ୍ରରେ ଉଲ୍ଲେଖ ରହିଛି ଯେ ଭଗବାନ ଶ୍ରୀକୃଷ୍ଣ ଜରାସଂଧକୁ ବାରମ୍ବାର କ୍ରୋଧାନ୍ୱିତ କରାଇ ଦୁର୍ବଳ କଲାପରେ ହିଁ ଶେଷରେ ତାକୁ ବଧ କରିଥିଲେ । ଅତି କ୍ରୋଧ ଉତ୍ତେଜନାରେ ଅନେକ ମନୁଷ୍ୟଙ୍କର ରକ୍ତଚାପ ବୃଦ୍ଧି ପାଏ, ଫଳରେ ମୃତ୍ୟୁମୁଖରେ ପଡ଼ନ୍ତି । କ୍ରୋଧରେ ବଶବର୍ତ୍ତୀ ହୋଇ ରାବଣ ଓ ହିରଣ୍ୟକଶିପ ଭଗବାନଙ୍କୁ ମଧ୍ୟ ଅବଜ୍ଞା କରିଥିଲେ । ଫଳତଃ ମୃତ୍ୟୁକୁ ବରଣ କରିଥିବା ବିଷୟ ପୁରାଣରେ ବର୍ଣ୍ଣିତ । ମନୁଷ୍ୟ ବ୍ୟତୀତ କେତେକ ମନୁରଷି ମଧ୍ୟ କୋପାନଳରୁ ମୁକ୍ତ ନ ଥିଲେ ଯଥା - ତ୍ରିକାଳଜ୍ଞ ଋଷି ଦୁର୍ବାସା, ରାଜର୍ଷି ବିଶ୍ୱାମିତ୍ର, ଯମଦଗ୍ନି ପ୍ରଭୃତି । ବେଳେବେଳେ ଋଷିମାନଙ୍କ କ୍ରୋଧ ମଧ୍ୟ ବରଦାନରେ ପରିଣତ ହୋଇଛି । ଦୃଷ୍ଟାନ୍ତ ସ୍ୱରୂପ କୁହାଯାଇ ପାରେ ଯେ ଅଶ୍ୱତ୍‌ଥମା ସୂର୍ଯ୍ୟାସ୍ତ ପୂର୍ବରୁ ପାଣ୍ଡବମାନଙ୍କୁ ହତ୍ୟା କରିବ ବୋଲି ବରପ୍ରାପ୍ତ ହୋଇଥିଲା । ତେଣୁ ସେ ପାଣ୍ଡବମାନଙ୍କ ଅନ୍ୱେଷଣରେ ଯାଇ ଦୁର୍ବାସା ଋଷିଙ୍କ ଆଶ୍ରମରେ ପହଞ୍ଚି ପାଣ୍ଡବମାନେ କେଉଁଠାରେ ଅଛନ୍ତି ବୋଲି ଋଷିଙ୍କୁ ପଚାରନ୍ତେ ସେ ହଠାତ୍ ରାଗି ଯାଇ 'ମୋ ପାଦ ତଳେ ଅଛନ୍ତି' ବୋଲି ସତକଥା କହିଲେ; ମାତ୍ର ଅଶ୍ୱତଥମା ଋଷିଙ୍କ କ୍ରୋଧପୂର୍ଣ୍ଣ ବାକ୍ୟର ଫଳାଫଳ ଅଭିଶାପରେ ପରିଣତ ହେବା ଆଶଙ୍କାରେ ତାଙ୍କୁ ଆଉ ଅଧିକ ନ ପଚାରି ସେ ସ୍ଥାନ ପରିତ୍ୟାଗ କଲେ । ଫଳତଃ ପାଣ୍ଡବମାନେ ସେ ଦିନ ନିଶ୍ଚିତ ମୃତ୍ୟୁମୁଖରୁ ରକ୍ଷା ପାଇଲେ । ତେଣୁ କ୍ରୋଧ ମଧ୍ୟ ସମୟାନୁସାରେ ଜୀବନ ରକ୍ଷାକରେ । ଅବଶ୍ୟ ଏ ଲୀଳା ଥିଲା ସଂପୂର୍ଣ୍ଣ ଭାବରେ ଭଗବାନ ଶ୍ରୀକୃଷ୍ଣଙ୍କର । ରାଜର୍ଷି ବିଶ୍ୱାମିତ୍ର ମଧ୍ୟ ମହର୍ଷି ବଶିଷ୍ଠଙ୍କ ଆଶ୍ରମର କାମଧେନୁ ନନ୍ଦିନୀକୁ ତାଙ୍କ ସୈନ୍ୟମାନଙ୍କ ସାହାଯ୍ୟରେ ବଳପୂର୍ବକ ନେଇଯିବା ପାଇଁ ମନସ୍ଥ କଲେ; ମାତ୍ର ନନ୍ଦିନୀ ଗାଈର ଦିବ୍ୟଶକ୍ତି ଆଗରେ ହାର ମାନିଲେ । ଶେଷରେ ଅତ୍ୟନ୍ତ କ୍ରୋଧାନ୍ୱିତ ହୋଇ ପୁନଶ୍ଚ ଯୁଦ୍ଧକରି ପ୍ରତିଶୋଧ ନେବା ସଂକଳ୍ପ ନେଇ ଆଶ୍ରମରୁ ଫେରି ଯାଇଥିଲେ ।

କ୍ରୋଧ ସମୟରେ ମନୁଷ୍ୟ ଶରୀରର ସର୍ବାଙ୍ଗରେ ଅନେକ ପରିବର୍ତ୍ତନ ଘଟି ଥାଏ । ତାର ଚକ୍ଷୁଦ୍ୱୟ ଲାଲ ହେବା ସଙ୍ଗେ ସଙ୍ଗେ ମୁହଁ ଅସୁନ୍ଦର ଓ ବିକୃତ ଦିଶେ । ତେଣୁ କ୍ରୋଧକୁ ଜୟ କରିବା ସକାଶେ କେତେକ ଉପାୟ ନିର୍ଦ୍ଧାରିତ ହୋଇଛି । କ୍ରୋଧଜାତ ହେବାକ୍ଷଣି ଯେତେ ଶୀଘ୍ର ପାର ସେ ସ୍ଥାନ ଛାଡ଼ି ଚାଲିଯିବ । କ୍ରୋଧ ସମୟରେ ମୌନାବଲମ୍ବନ କରିବା ଶ୍ରେୟସ୍କର ଏବଂ କ୍ରୋଧର କାରଣ ଠାରୁ ଦୂରରେ ରହିବ । କ୍ରୋଧ ନିୟନ୍ତ୍ରଣ ପାଇଁ ପ୍ରଥମେ ଥଣ୍ଡା ଜଳରେ ମୁହଁ ଧୋଇ ଏକ ଗିଲାସ ଥଣ୍ଡା ପାଣି ପାନ କରିବ । ମନୁଷ୍ୟ ରାଗିଲା ବେଳେ ନିଜର ବିକୃତ ଓ ଅସୁନ୍ଦର ମୁହଁକୁ ଦର୍ପଣରେ ଦେଖିଲେ ମଧ୍ୟ ରାଗ ପ୍ରଶମିତ ହୋଇଥାଏ । କ୍ରୋଧ କୌଣସି ଘଟଣା ବା ସମସ୍ୟାର ସମାଧାନର ଶେଷ ରାସ୍ତା ନୁହେଁ ବରଂ ଏହି କ୍ଷଣିକ କ୍ରୋଧ ଜଣଙ୍କର ଅନେକ ଏପରି ଅକ୍ଷମଣୀୟ କ୍ଷତି କରିଦେଇଥାଏ ଯେ ପରବର୍ତ୍ତୀ ସମୟରେ ଏହାର ଭରଣା ହୋଇପାରି ନଥାଏ। ଆପଣ ନିୟମିତ ଖବରକାଗଜରୁ ପ୍ରାୟ ପଢ଼ିବାକୁ ପାଉଥିବେ କ୍ରୋଧରେ କିଏ ନିଜ ସନ୍ତାନକୁ ହତ୍ୟା କଲାଣି ତ ପିତାମାତା, ବନ୍ଧୁ, ମାଲିକ, ଧର୍ମପତ୍ନୀ କେହି ମଧ୍ୟ ଏଥିରୁ ବର୍ତ୍ତି ପାରିନଥାନ୍ତି। କ୍ରୋଧ ମଣିଷ ଜୀବନର ସମସ୍ତ ଅନର୍ଥର କାରଣ ଏହା ଜଣଙ୍କର ସତ୍ ଜୀବନକୁ ଅସତ୍ ପଥକୁ ଟାଣି ନେଇ ଯେଉଁ ଦୁର୍ବାର କ୍ଷତି କରିଥାଏ ତାହା ପରବର୍ତ୍ତୀ ସମୟରେ ଅନୁଶୋଚନା ହେଲେ ମଧ୍ୟ କିନ୍ତୁ ଏହାର ପୂର୍ବବତ୍ କ୍ଷତି ଆଉ ପୂରଣ ହୋଇପାରି ନଥାଏ। ଅନେକ ଘଟଣା ଦେଖାଯାଇଥାଏ କ୍ରୋଧ ପାଇଁ ଜଣେ ଜଣେ ତାଙ୍କର ସର୍ବସ୍ୱ ଏପରି ତାଙ୍କ ବ୍ୟକ୍ତିତ୍ୱ ଓ ଆଦର୍ଶକୁ ମଧ୍ୟ ଭୂଲୁଣ୍ଠିତ କରିଦେଇଥାନ୍ତି। କ୍ରୋଧ ଏପରି ଏକ ଅସୁର ଏବଂ ଆମର ଏପରି ଏକ ଶରୀର ମଧ୍ୟରେ ଥିବା ଚରିତ୍ରଗତ ଶତ୍ରୁ ଯାହାର ତତ୍କାଳ ନାଶ କରିବା ଅତ୍ୟନ୍ତ ଜରୁରୀ। କାରଣ ଏହା ଜଣଙ୍କର ବ୍ୟକ୍ତିତ୍ୱ ତାଙ୍କ ଆଦର୍ଶର ପରିପନ୍ଥୀ ହୋଇଥାଏ। ସର୍ବୋପରି ଦିବ୍ୟ ନାମ ଗାନ ଓ ସଦଗ୍ରନ୍ଥ ପଠନରେ କ୍ରୋଧର ପ୍ରକୋପ ମନ୍ତ୍ରବତ୍ କମି ଯିବା ସଙ୍ଗେ ସଙ୍ଗେ ସମସ୍ତ ସମସ୍ୟା ଓ ଦୁଃଖ ଦୁର୍ଦ୍ଦଶା ଦୂରୀଭୂତ ହୋଇ ସୁଖଶାନ୍ତି ପ୍ରାପ୍ତ ହୋଇଥାଏ ।

*କଟିକଟା, ମଙ୍ଗଳପୁର, ଯାଜପୁର*

# କାର୍ତ୍ତିକ ପୂର୍ଣ୍ଣିମା, ଉତ୍କଳର ନୌବାଣିଜ୍ୟ- ଏକ ଅତିତ ଆକଳନ


ଉମାଶଙ୍କର ପ୍ରସାଦ

ଭାରତୀୟ ସାଂସ୍କୃତିକ ପଟ୍ଟଭୂମିରେ ଓଡିଶାର ବୈଶିଷ୍ଟ୍ୟ ସବୁ ସମୟରେ ସ୍ୱୀକୃତ। ସଭ୍ୟତାର ଆରମ୍ଭରୁ କଳା ସ୍ଥାପତ୍ୟ ଓ ସାମ୍ରାଜ୍ୟବାଦର ଚିତ୍ରପଟ୍ଟରେ ସାହସୀ ଉତ୍କଳୀୟ ମାନଙ୍କର ସାଂସ୍କୃତିକ ବୈଚିତ୍ରତା ମଧ୍ୟରେ ସୃଜନଶୀଳତାର ପ୍ରାଣୋଚ୍ଛ୍ୱାସ ସେମାନଙ୍କର କାର୍ଯ୍ୟଧାରା ଓ ସାଧନାରେ ପ୍ରତିଫଳିତ ହୋଇଥାଏ। ପ୍ରାଚୀନ କାଳରୁ ମଧ୍ୟଯୁଗୀୟ କାଳ ପର୍ଯ୍ୟନ୍ତ ଓଡିଶାର ସମୁଦ୍ର ଉପକୂଳ ଦକ୍ଷିଣ-ପୂର୍ବ ଏସୀୟ ଦେଶମାନଙ୍କର ପ୍ରବେଶ ପଥ ଭାବେ ରହିଥିଲା। ଏହାର ସାଂସ୍କୃତିକ ଓ ବାଣିଜ୍ୟିକ ଧାରାର ପ୍ରଭାବ ଏବେ ମଧ୍ୟ ଦକ୍ଷିଣ-ପୂର୍ବ ଏସୀୟ ଦେଶଗୁଡିକର ପରମ୍ପରା, ସ୍ଥାନର ନାମ, ସାହିତ୍ୟ ଏବଂ ସ୍ଥାପତ୍ୟରେ ପରିଲକ୍ଷିତ ହୁଏ। ଅତୀତରେ ବଙ୍ଗୋପସାଗରକୁ 'କଳିଙ୍ଗ ସମୁଦ୍ର' ବୋଲି କୁହାଯାଉଥିଲା। ବଙ୍ଗୋପସାଗରରେ ଥିବା ସମସ୍ତ ଦ୍ୱୀପପୁଞ୍ଜ ଗୁଡିକ 'କଳିଙ୍ଗ ଦେଶୁ' ନାମରେ ଜଣାଯାଉଥିଲା ବୋଲି ' ଆର୍ଯ୍ୟ ମଞ୍ଜୁଶ୍ରୀ' ମୂଳକଳ୍ପରେ ଉଲ୍ଲେଖ ଅଛି। ଏକଦା ପ୍ରାଚୀନ କଳିଙ୍ଗର ସୁଦୀର୍ଘ ସାମୁଦ୍ରୀକ ବେଳାଭୂମିରେ ଶହ ଶହ ପୋତାଶ୍ରୟ ଏବଂ ବନ୍ଦର ଥିଲା। ଏହାର ଅଧିବାସୀମାନେ ନୌବାଣିଜ୍ୟରେ ବିଶେଷ ପାରଦର୍ଶିତା ଦେଖାଇ ପାରିଥିଲେ। ନୌବାଣିଜ୍ୟ ମାଧ୍ୟମରେ କଳିଙ୍ଗର ସାଧବ ପୁଅମାନେ ସମୁଦ୍ର ଉପରେ ଆଧିପତ୍ୟ ଜାହିର କରିପାରିଥିଲେ। ସମୁଦ୍ର ଆରପାଖରେ ଥିବା ବିଭିନ୍ନ ରାଷ୍ଟ୍ରମାନଙ୍କରେ ବେପାର ବଣିଜ କରି ସେମାନେ ସେଠାରେ ବସତି ସ୍ଥାପନ କରିଥିଲେ। ବିଶିଷ୍ଟ ଐତିହାସିକ ହଣ୍ଟରଙ୍କ 'ଓଡିଶା ଇତିହାସ' ପୁସ୍ତକର ପ୍ରଥମ ଖଣ୍ଡରୁ ଜଣାପଡେ ଯେ ଓଡିଶାରେ ସୁବର୍ଣ୍ଣରେଖା, ଛନୁଆ, ବାଲେଶ୍ୱର, ଲଇଛଣପୁର, ଚୂଡାମଣି, ଧାମର. ଫଲ୍‌ସପଏଣ୍ଟ, ପୁରୀ ଓ ଗୋପାଳପୁର ନାମରେ ନଅ ଗୋଟି ବନ୍ଦର କାର୍ଯ୍ୟକାରୀ ହେଉଥିଲା। ପ୍ରାଚୀନ ଚେଲିତାଲୋ ଓ ଚରିତ୍ରପୁର ବନ୍ଦର ବାଲେଶ୍ୱରର ଚାନ୍ଦବାଲି ଓ ଚାନ୍ଦିପୁର ବୋଲି ଅନୁମାନ କରାଯାଏ। ପ୍ରଥମ ଶତାବ୍ଦୀରେ ପ୍ଲିନି ତାଙ୍କ 'ନେଚୁରାଲ ହିଷ୍ଟ୍ରି' ବହିରେ ଲେଖିଛନ୍ତି ଯେ ଏହି ବନ୍ଦର ମାନଙ୍କରୁ ସାଧବପୁଅମାନେ ସିଂହଳ, ଜାଭା, ସୁମାତ୍ରା, ବାଲି, ବୋର୍ଣ୍ଣିଓ ଓ ବର୍ମା ଇତ୍ୟାଦି ଦେଶରେ ବାଣିଜ୍ୟ କରି ଓଡିଶାର ଗୌରବକୁ ବଢାଇଥିଲେ। ସେତେବେଳେ କାର୍ତ୍ତିକ ପୂର୍ଣ୍ଣିମା ଦିନ ସାଧବପୁଅମାନେ ପ୍ରତ୍ୟୁଷରୁ ସ୍ନାନ କରି ବୋଇତରେ ଗଙ୍ଗାମାତାଙ୍କୁ ପାନ ଏବଂ ଗୁଆ ସମର୍ପଣ ପୂର୍ବକ ପୂଜା କରୁଥିଲେ। ଏହି ସାଧବ ଶବ୍ଦଟି ସଂସ୍କୃତ ଶବ୍ଦ 'ସାର୍ଥବାହ' ରୁ ଉତ୍ପତି ହୋଇଛି। ସେ ଦିନର ସାଧବମାନେ ବିତ୍ତଶାଳୀ ଓ ଅଦମ୍ୟ ସାହସୀ ଥିଲେ। ବ୍ୟକ୍ତିଗତ ପ୍ରଚେଷ୍ଟା ଓ ସାମୁହିକ ଉଦ୍ୟମ ଜରିଆରେ ସେମାନେ ଆନ୍ତ ଓ ବର୍ହିଃ ବାଣିଜ୍ୟ କରୁଥିଲେ। ଏହି ସାଧବ ମାନଙ୍କ ବିଷୟରେ ଅନେକ କିମ୍ବଦନ୍ତୀ ଓ ଦୁଃସାହସିକ କାହାଣୀ ରହିଛି। ରାଜାମାନେ ମଧ୍ୟ ସମୟ ସମୟରେ ସେହି ସାଧବ ମାନଙ୍କ ବାଣିଜ୍ୟରେ ସଂପୃକ୍ତ ଥିଲେ। ରପ୍ତାନୀ ଦ୍ରବ୍ୟ ସବୁ ସଂଗ୍ରହ କରିବା ପରେ ସେମାନେ କାର୍ତ୍ତିକ ଅମାବାସ୍ୟା ଦିନ ଲକ୍ଷ୍ମୀପୂଜା କରୁଥିଲେ। ତା'ପରେ ସେମାନେ ଜାହାଜରେ ସେଗୁଡିକ ବୋଝେଇ କରି କାର୍ତ୍ତିକ ପୂର୍ଣ୍ଣିମା ଦିନ ଜଳଯାତ୍ରାରେ ବାହାରୁଥିଲେ। ସେ ଦିନର ବୋଇତ ଯାତ୍ରା ମହାଆଡମ୍ବରରେ ବନ୍ଧୁ ବାନ୍ଧବ, ମାଝି ସୌଦାଗରଙ୍କ ଜ୍ଞାତି ଭୋଜନ ପରେ , ମା'ମଙ୍ଗଳାଙ୍କ ପୂଜା ଅର୍ଚ୍ଚନା, ସାଧବ ସୀମନ୍ତିନୀ ମାନଙ୍କ ବନ୍ଦାପନା, ହୁଳହୁଳି ନାଦପରେ ଧୂପ ଦୀପରେ ବିଦାୟ ଦେଇ ଅଝାଳ ଉଡାଇ ସମୁଦ୍ରର ନୀଳଜଳରେ ଭାସି ଯାଉଥିଲା।

ଷୋଡଶ ଶତାବ୍ଦୀର ପ୍ରଥମାର୍ଦ୍ଧରେ ଶାସନ କ୍ଷେତ୍ରରେ ଅସ୍ଥିରାବସ୍ଥା, ଅତ୍ୟାଚାର, ରାଜ୍ୟ ମଧ୍ୟରେ ଜୀବନ ଯାତ୍ରାର ଅଚଳ ଅବସ୍ଥା, ଲୁଣ୍ଠନ , ରାହାଜାନୀ ସହିତ ସାଗର ମଧ୍ୟରେ ସାଗର ଦସ୍ୟୁ ମାନଙ୍କର ଆକ୍ରମଣରେ ଓଡିଆ ସାଧବର ବଣିଜ ତରୀ ପୂର୍ବବତ୍ ସାଗରର ନୀଳ ଜଳରାଶିରେ ଆଗେଇ ପାରିଲା ନାହିଁ। ଦସ୍ୟୁ ମରହଟ୍ଟାବର୍ଗୀମାନଙ୍କ ଆକ୍ରମଣ ଭୟରେ କଳିଙ୍ଗର ସାଧବପୁଅମାନେ ବୋଇତରେ ବେପାର କରିବା ପାଇଁ ଆଉ ଲାଭଦାୟକ ମନେ କଲେନାହିଁ। ପରବର୍ତ୍ତୀ ସମୟରେ ଇଷ୍ଟଇଣ୍ଡିଆ କମ୍ପାନୀର ବାଣିଜ୍ୟପୋତ କଳିଙ୍ଗ ସାଧବ ପୁଅମାନଙ୍କର ବାଣିଜ୍ୟକ ଅଧିକାରକୁ ଅପହରଣ କରି ନେଲେ ଫଳରେ ବୋଇତ ସାହାଯ୍ୟରେ ବଣିଜ କରିବା କଳିଙ୍ଗରୁ ଲୋପ ପାଇଲା। କିନ୍ତୁ ଆଜି ମଧ୍ୟ ପ୍ରାଚୀନ କଳିଙ୍ଗର ସେଦିନର ନୌବାଣିଜ୍ୟର ସ୍ମାରକୀ ବହନ କରି ଆଜିବି ଓଡିଶାର ପୁରପଲ୍ଲୀରେ ବିଭିନ୍ନ ପ୍ରକାର ପର୍ବପର୍ବାଣି ପାଳନ କରାଯାଉଛି। କାର୍ତ୍ତିକ ପୂର୍ଣ୍ଣିମାରେ ହେଉଥିବା ବାଲିଯାତ୍ରା ଓ ବୋଇତ ବନ୍ଦାଣ, ଭାଦ୍ରବ ମାସରେ ପାଳିତ ଖୁଦୁରୁକୁଣୀ ଓଷା ପୂର୍ବ ଗୌରବ ଓ ପରମ୍ପରାକୁ ମନେ ପକାଇଦିଏ। ପ୍ରଚୀନ କାଳର ସେହି ଅଲିଭା ସ୍ମୃତି ଓ ପରମ୍ପରାକୁ ମନେପକାଇ ଆଜିବି ଓଡିଶାର ଲୋକମାନେ କାର୍ତ୍ତିକ ପୂର୍ଣ୍ଣମୀ ଦିନ ପ୍ରାତଃ କାଳରେ କଦଳୀ ବାହୁଙ୍ଗା କିମ୍ବା ସୋଲରେ ତିଆରି ଛୋଟ ଛୋଟ ଡଙ୍ଗା ନେଇ ନଇ ପୁଷ୍କରଣୀରେ ଭସାଇଥାନ୍ତି। ସେହି ସମୟରେ ସେମାନେ କହିଥାନ୍ତି "ଆକା ମାଭୈଃ, ପାନ ଗୁଆ ଥୋଇ,- ପାନ ଗୁଆ ତୋର, ମାସକ ଧର୍ମ ମୋର"। କଟକ ଗଡଗଡିଆଘାଟ ଆଜିବି ସେହି ସ୍ମୃତିକୁ ଉଦ୍‌ଜିବିତ ରଖି ସାତଦିନ କାଳ 'ବାଲିଯାତ୍ରା' ମହୋତ୍ସବ ପାଳନ କରୁଛି। ପାରାଦ୍ୱୀପ ବନ୍ଦରରେ ଏହି କାର୍ତ୍ତିକ ପୂର୍ଣ୍ଣିମା ଦିନ ବୋଇତ ବନ୍ଦାଣ ଉତ୍ସବ ଅନୁଷ୍ଠିତ ହୋଇଥାଏ। ଯଦିଓ ଓଡିଶାର ନୌବାଣିଜ୍ୟ କଥା କହିଲେ ଆଜି ଯେମିତି ସ୍ୱପ୍ନ ଭଳି ଲାଗୁଛି। 'ସାଧବ ପୁଅ' ବୁଢୀମା କାହାଣୀର ସାଧବ ପୁଅ ହୋଇ ରହିଯାଇଛି ତଥାପି ଏହି ଦିନର ଆଗମନରେ ସେହି ସାଧବ ପୁଅମାନଙ୍କ ଅତିତ ଗାଥା ସମସ୍ତଙ୍କ ମନରେ ଏକ ପୂର୍ବ ସ୍ମୃତିକୁ ମନେପକାଇ ଦେଉଛି। ଅତିତର ଗୌରବ ପ୍ରତ୍ୟେକ ଜାତିର ପ୍ରେରଣାର ଉତ୍ସ। ଓଡିଆ ଜାତି ତାର ସେହି ପୂର୍ବ ଗୌରବକୁ ଫେରାଇ ଆଣି ଏହି ନୌବାଣିଜ୍ୟ ମାଧ୍ୟମରେ ଅର୍ଥନୈତିକ ସ୍ୱଚ୍ଛଳତା ଆଣିବା ପାଇଁ ଆଗୁସାର ହେବା ନିତ୍ୟାନ୍ତ ଜରୁରୀ। କବି ମାୟାଧର ମାନସିଂହ ତାଙ୍କର 'ବୋଇତ ବନ୍ଦାଣ' କବିତାରେ ଗାଇ ଉଠିଛନ୍ତି "ଜୟଗୋ ବୋଇତ ରାଣୀ ସଲିଳ-ସୁନ୍ଦରୀ- ଆମ୍ଭ ଲାଗି ଆଣଧନ କାହୁଁ ଗର୍ଭେ ଭରି"

*ଖୋର୍ଦ୍ଧା*




# 'ଛାଡ଼ଖାଇ'ରେ ପଶୁହତ୍ୟା



ଡ଼ଃ.ଅରୁନ୍ଧତୀ ଦେବୀ

କାର୍ତ୍ତିକ ମାସ ଶେଷରେ ଆଜି ସାରା ରାଜ୍ୟରେ ଛାଡ଼ଖାଇ ପାଳନ କରାଯାଉଛି । ଛାଡ଼ଖାଇ ହେଉଛି ମାସ ସାରା ଆମିଷ ନଖାଇବାର ଅରୁଚିକୁ ଛଡ଼ାଇବା । ଏଥିପାଇଁ କେତେ ନିରୀହ ପଶୁପକ୍ଷୀଙ୍କୁ ହତ୍ୟା କରାଯାଇଛି । ଲକ୍ଷାଧିକ ଛେଳି, କୁକୁଡ଼ା ବଳି ପଡ଼ିଛନ୍ତି । ଏଠାରେ ପ୍ରଶ୍ନ ଉଠୁଛି, ମାସ ସାରା ଧର୍ମ ଆଚରଣ କରିବା ପରେ ପଶୁପକ୍ଷୀଙ୍କୁ ହତ୍ୟା କରି ଆମେ କେଉଁ ପ୍ରକାରର ଧର୍ମ ପାଳନ କରୁଛେ । ଆମକୁ ସୁହାଇଲା ପରି କାମକୁ ଆମେ ପରମ୍ପରାର ନାମ ଦେଇଛେ । ନିଜ ମନକୁ ଶାନ୍ତି କରିବା ପାଇଁ ବଳିପ୍ରଥାକୁ ମଧ୍ୟ ପ୍ରୋତ୍ସାହନ ଦେଉଛେ । ଈଶ୍ୱରଙ୍କ ନାମ ନେଇ ଦେବୀ ପୀଠରେ ପଶୁବଳି ଦେବାକୁ ପଛଘୁ ।ଦେଉନାହୁଁ । ପ୍ରଶାସନ ବଳିପ୍ରଥା ବନ୍ଦ କରିବା ପାଇଁ ଯେତେ ଉଦ୍ୟମ କଲେ ମଧ୍ୟ ତାହା ସଫଳ ହେଉନାହିଁ । ଆଜିର ଏକବିଂଶ ଶତାବ୍ଦୀରେ ବଳିପ୍ରଥା କେତେ ସମୀଚିନ ତାହା ଆଧୁନିକ ମଣିଷ ବିଚାର କରିବାର କଥା ।

ପଶୁହତ୍ୟାକୁ ବନ୍ଦ କରିବା ପାଇଁ କେତେ ବେସରକାରୀ ସଂଗଠନ କାମ କରୁଛନ୍ତି । ଜାତୀୟ ସ୍ତରରେ ମେନକା ଗାନ୍ଧୀ ଏଥିପାଇଁ ଅନେକ ପଦକ୍ଷେପ ନେଇଛନ୍ତି । ଆନ୍ତର୍ଜାତିକ ସ୍ତରରେ ପେଟା ଭଳି ସଂସ୍ଥା ପଶୁ କ୍ରୁରତା ବିରୋଧରେ କାର୍ଯ୍ୟ କରୁଛନ୍ତି । ତଥାପି ଆମେ ପଶୁପକ୍ଷୀଙ୍କ ପ୍ରତି ଆମ ମନୋଭାବରେ ପରିବର୍ତ୍ତନ ଆଣିପାରୁନାହୁଁ । ଏକ ସର୍ବେକ୍ଷଣରୁ ଜଣାଯାଇଛି ଯେ, ଆମିଷାଶୀଙ୍କ ଠାରୁ ନିରାମିଶାଷୀ ଦୀର୍ଘ ନିରାମୟ ଜୀବନଯାପନ କରିଥାନ୍ତି । ଆମିଷ ଭକ୍ଷଣ କରୁଥିବା ଲୋକେ ହଠାତ୍ ଉତ୍ତେଜନାର ବଶବର୍ତ୍ତୀ ହୋଇଉଠନ୍ତି । ସେମାନଙ୍କର ରକ୍ତଚାପ ବୃଦ୍ଧି ଘଟେ । କୌଣସି ଅପରାଧରେ ମଦ ଓ ମାଂସ ମୁଖ୍ୟ ଭୂମିକା ଗ୍ରହଣ କରିଥାଏ । ତଥାପି ଆମିଷ ଅଧିକାଂଶ ଲୋକଙ୍କର ପ୍ରିୟ ଖାଦ୍ୟ । ବିଭିନ୍ନ ବାର ଓ ପର୍ବର ନାମ ନେଇ ଆମେ ପଶୁ ମାଂସ ଭକ୍ଷଣକୁ ଆମର ନିତ୍ୟନୈମିତିକ ଜୀବନରେ ଭର୍ତ୍ତି କରିଦେଇଛୁ ।

ଚେତେବ ୨୦୨୧ରେ ଜାତିସଂଘ ରିପୋର୍ଟ ଅନୁଯାୟୀ ଭାରତରେ ନିରାମିଷାଶୀଙ୍କ ସଂଖ୍ୟା ଅଧିକ । ସିଏନ୍‌ଏନ୍-ଆଇବିଏନ୍ ଓ ହିନ୍ଦୁର ସର୍ବେକ୍ଷଣ ଅନୁଯାୟୀ, ଭାରତରେ ୩୧ ପ୍ରତିଶତ ହେଉଛନ୍ତି ନିରାମିଷାଶୀ । ଜୈନ ସଂପ୍ରଦାୟ ସଂପୂର୍ଣ୍ଣ ନିରାମିଷାଶୀ ହୋଇଥିଲା ବେଳେ ହିନ୍ଦୁ ଧର୍ମର ବ୍ରାହ୍ମଣ ସଂପ୍ରଦାୟର ୫୫ ପ୍ରତିଶତ ଆମିଷ ଖାଆନ୍ତି ନାହିଁ । ମୁସଲମାନଙ୍କ ମଧ୍ୟରେ ମାତ୍ର ୩ ପ୍ରତିଶତ ଆମିଷକୁ ପସନ୍ଦ କରନ୍ତି ନାହିଁ । ତେବେ ବିଶ୍ୱର ଅନ୍ୟ ଦେଶମାନଙ୍କ ଭଳି ଭାରତରେ ମାଂସ ଭକ୍ଷଣ କମ୍ । ମାତ୍ର ଏହି ଧାରା ଧୀରେ ଧୀରେ କମିବାକୁ ଲାଗିଛି । ୨୦୨୧ ଜୁନରେ ବିଶ୍ୱର ପ୍ରମୁଖ ପତ୍ରିକା ଭେଜିଟେରିଆନ୍ସ ନ୍ୟୁଜିଲାଣ୍ଡ ତରଫରୁ କରାଯାଇଥିବା ସର୍ଭେ ଅନୁଯାୟୀ ଭାରତ ସମୁଦାୟ ଲୋକଙ୍କ ମଧ୍ୟରୁ ଆମିଷ ଖାଉଥିବା ଲୋକଙ୍କ ସଂଖ୍ୟା ୫୦ କୋଟି । ଯାହାକି ୨୦୧୭ ଜାତିସଂଘ ସର୍ଭେ ଅନୁଯାୟୀ ଆମିଷାଶୀଙ୍କ ସଂଖ୍ୟାରେ ୩ ପ୍ରତିଶତ ବୃଦ୍ଧି ଘଟିଛି । ଭାରତ ମୁଖ୍ୟତଃ ନିରାମିଷାଶୀଙ୍କ ଏକ ଦେଶ ହୋଇଥିଲେ ମଧ୍ୟ ଏହି ଧାରାରେ ପରିବର୍ତ୍ତନ ଘଟୁଛି । ନିରାମିଷାଶୀଙ୍କ ସଂଖ୍ୟା ହ୍ରାସ ପାଇବାରେ ଲାଗିଛି । ଫଳରେ ପଶୁହତ୍ୟା ବଢ଼ିବାରେ ଲାଗିଛି । ଯାହାକି ଉଦ୍‌ବେଗର ବିଷୟ । ବାସ୍ତବ କଥା ହେଉଛି ଛାଡ଼ଖାଇର ଅନ୍ତର୍ନିହିତ ଆଧ୍ୟାତ୍ମିକ ତାତ୍ପର୍ଯ୍ୟ କଥାକୁ ଭୁଲି ଯାଇ ଜିଭ ଲାଳସାର ଆଗ୍ରହକୁ ପ୍ରାଧାନ୍ୟ ଦେଉଛୁ ।

*ନିର୍ଦ୍ଦେଶିକା-ସମ୍ପାଦିକା,*
*ଆନ୍ତର୍ଜାତିକ ଅଶୋଭନୀୟତା ନିରୋଧ ଆନ୍ଦୋଳନ, କଟକ,*
*ଦୂରଭାଷ : ୯୯୩୭୧୭୨୮୧୦*

## 'ଛାଡ଼ଖାଇ'ର ତାତ୍ପର୍ଯ୍ୟ

ଓଡ଼ିଆ ସଂସ୍କୃତିରେ ମାଘ, ବୈଶାଖ ଓ କାର୍ତ୍ତିକ ହେଉଛନ୍ତି ଧର୍ମ ମାସ । ଏହି ମାସ ଗୁଡ଼ିକରେ ସାରା ମାସ ବ୍ରତ ପାଳନ କରାଯାଏ । ମାଘ ଓ ବୈଶାଖ ହବିଷ ମାସ ହୋଇଥିଲେ ହେଁ ସମସ୍ତେ ପାଳନ କରନ୍ତି ନାହିଁ। କାର୍ତ୍ତିକ ମାସକୁ ସର୍ବାଧିକ ଗୁରୁତ୍ୱ ଦିଆଯାଏ । ବିଧବାଙ୍କ ପାଇଁ କାର୍ତ୍ତିକ ବ୍ରତ ପାଳନ ବାଧ୍ୟତାମୂଳକ । କାର୍ତ୍ତିକରେ ବିଧବାମାନେ ଦିନରେ ଥରେ ମାତ୍ର ଘୃତ ମିଶ୍ରିତ ଅରୁଆ ଅନ୍ନ ସହ ମୁଗ, କଦଳୀ, ଓଉ ଓ ସାରୁ ମିଶା ଡାଲି ଭୋଜନ କରନ୍ତି । ଏହି ସାମଗ୍ରୀଗୁଡ଼ିକ ଛଡ଼ା ଅନ୍ୟ ସମସ୍ତ ଖାଦ୍ୟ ବର୍ଜନୀୟ । ସେମାନେ ପରିତ୍ୟାଗ କରିଥିବା ଖାଦ୍ୟଗୁଡ଼ିକୁ ବ୍ରତ ଶେଷ ହେବାପରେ ଖାଇବାକୁ ଛାଡ଼ଖାଇ କୁହାଯାଏ । ଛାଡ଼ଖାଇରେ ବିଧବାମାନେ ସାଧାରଣତଃ କାଞ୍ଜି ଖାଆନ୍ତି । ମାସ ଆରମ୍ଭରେ ତ୍ୟାଗ କରିଥିବା ଅନ୍ୟ ପରିବାପତ୍ର, ଫଳମୂଳ, ଉଷୁନା, ଭାତ, ଚୁଡ଼ା ଶାଗ ଓ ଖଟା ମଧ୍ୟ ଖାଆନ୍ତି । ଏସବୁ ଛାଡ଼ଖାଇର ଖାଦ୍ୟ । ଛାଡ଼ଖାଇ ସହ ଆମିଷ ଭୋଜନରେ କୌଣସି ପାରମ୍ପରିକ ସଂପର୍କ ନାହିଁ । ତେଣୁ ଏହି ଦିନରେ ଆମିଷ ଖାଇବା ନିହାତି ଆବଶ୍ୟକ ବୋଲି ମନେ କରିବା ଧାରଣା ଭ୍ରମାତ୍ମକ । ଛାଡ଼ଖାଇର ମର୍ମ ସଂପର୍କରେ ଜ୍ଞାନ ଅଭାବରୁ ଆଜିକାଲି ଆମେ ଏହାକୁ ମାଂସ ଭକ୍ଷଣ ଉତ୍ସବରେ ପରିଣତ କରିଛେ ।

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି। ଏହା ମୋଟ ୯୦ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି। ବର୍ତ୍ତମାନର ବିକଶିତ ବଜାରଗୁଡ଼ିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧ୍ୟାନର ଅଂଶବିଶେଷ। ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ। ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲସ ସାମିଲ ରହିଛି। ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ। ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ। ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ। ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫରମାନ ଘୋଷଣା କରିଛି। ଏହି ଅଫରଗୁଡ଼ିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି। ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋରଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି। ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି। ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି। ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି। ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି। ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି। ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲଭର ରୁଫ୍ ଏବଂ ସିଲଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ। ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି।

# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପଞ୍ଚ ବାଟମାରଣା କରିଥିବା ଅଭିଯୋଗ ହୋଇଛି । ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍‌ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପଞ୍ଚାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତୃପକ୍ଷ ସ୍ଥାନୀୟ ସରପଞ୍ଚ, ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍‌ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍‌ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପଞ୍ଚଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପଞ୍ଚ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପଞ୍ଚଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପଞ୍ଚ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍‌ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍‌ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପଞ୍ଚ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବାଣ୍ଟିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପଞ୍ଚ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପଞ୍ଚ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପଞ୍ଚ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପଞ୍ଚ ମିତା ମୁଣ୍ଡା, ପୂର୍ବତନ ସରପଞ୍ଚ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଳହରି ସରପଞ୍ଚ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପଞ୍ଚ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି। ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ। ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା। ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା। ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍ୱତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା। ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା। ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି। ଭିଟାରା ବ୍ରିଜାର ଏକ ନିର୍ଦ୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି। ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାର୍ଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ। ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି। ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି। ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା। ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପ୍‌ଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି। ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି।''

# କ୍ରସରରେ ଚାପିହୋଇ ଜଣେ ଶ୍ରମିକ ମୃତ, ଅନ୍ୟ ଜଣେ ଗୁରୁତର

ଧର୍ମଶାଳା,(ପିଏନ୍): ଧର୍ମଶାଳା ତହସିଲ ଜେନାପୁର ଥାନା ଅର୍ନ୍ତଗତ ରହାଡପୁରସ୍ଥିତ ଏକ କ୍ରଶର୍ ରେ କାମ କରୁଥିବା ବେଳେ ଅଘଟଣ ଘଟି ଜଣେ ଶ୍ରମିକ ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଣେ ଗୁରୁତର ଆହତ ହୋଇଥିବା ଜଣାପଡିଛି । ମୃତ ଶ୍ରମିକ ଜଣକ ପଶ୍ଚିମବଙ୍ଗ ବାଙ୍କୁଡା ଜିଲ୍ଲା ଖଜୁରିଆ ଗ୍ରମର ଶ୍ୟାମଚରଣ ହଂସଦା (୪୫) ଓ ଆହତ ଜଣକ ସେହି ଗ୍ରାମର ଅନିଲ ସୋରେନ (୩୨) ବୋଲି ଜଣାପଡିଛି ସୂଚନା ମୁତାବକ ରହାଡପୁର ରେ ଥିବା ଶିବଶକ୍ତି ମେଗା କ୍ରାସର ରେ ଆଜି ସକାଳୁ ଶ୍ରମିକମାନେ କାମ କରୁଥିବା ବେଳେ ଅସାବଧାନତା ବସତ କ୍ରଶର ଚକରେ ଚାପି ହୋଇ ଜଣକର ମୃତ୍ୟୁ ଘଟିଥିବା ବେଳେ ଆନ୍ୟ ଜଣେ ଶ୍ରମିକ ଗୁରୁତର ଆହତ ହୋଇଥିଲେ । ଦୁର୍ଘଟଣାରେ ଆହତ ଶ୍ରମିକଙ୍କୁ ସ୍ଥାନୀୟ ଶ୍ରମିକମାନେ ଉଦ୍ଧାର କରି ବଡଚଣା ଡାକ୍ତରଖାନାରେ ଭର୍ତି କରିଥିଲେ । ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି । ଘଟଣାସ୍ଥଳରେ ମୃତ୍ୟୁ ଘଟିଥିବା ଶ୍ରମିକର ମୃତଦେହକୁ କ୍ରଶର ପରିଚାଳନା ଦାୟିତ୍ୱରେ ଥିବା କର୍ମଚାରୀ ଏକ ମହେନ୍ଦ୍ର ପିକଅପଭ୍ୟାନରେ ଭତିକରି ମୃତକର ଶବ କୁ ଅନ୍ୟତ୍ର ନେଇଯାଉଥିବା ବେଳେ ଶବକୁ ଗାଏବ୍ କରିବା ଅଭିଯୋଗ କରି ସ୍ଥାନୀୟ ଲୋକେ ସମ୍ପାରୁ ଛକରେ ମୃତ ଦେହକୁ ଅଟକ ରଖି ରାସ୍ତା ରୋକ କରିଥିଲେ। ଫଳରେ ସେଠାରେ କିଛି ସମୟ ପାଇଁ ଚାପା ଉତେଜନା ପ୍ରକାଶ ପାଇଥିଲା । ଖବର ପାଇ ଘଟଣା ସ୍ଥଳରେ ଯାଜପୁର ରୋଡ ଏସଡିଓ ସୟ କୁମାର ପଟ୍ଟନାୟକ, ବଡ଼ଚଣା ଥାନା ଅଧିକାରୀ ଶରତ କୁମାର ପାତ୍ର, ଧର୍ମଶାଳା ଥାନା ଅଧିକାରୀ ତପନ କୁମାର ନାୟକ, ଜେନାପୁର ଥାନା ଅଧିକାରୀ ଶୁଭେନ୍ଦୁ କୁମାର ସାହୁଙ୍କ ସମେତ ଥାନା କର୍ମଚାରୀମାନେ ସେଠାରେ ଉପସ୍ଥିତ ରହି ଲୋକଙ୍କୁ ବୁଝାଶୁଝା କରିଥିଲେ । ମୃତକର ପରିବାରକୁ ୫୦ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବା ସହ ବେଆଇନ କ୍ରଶର ଗୁଡିକୁ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିବା ସହ ଗ୍ରାମବାସିମାନେ ଲିଖିତ ଆକାରରେ ପୁଲିସ ନିକଟରେ ଅଭିଯୋଗ କରିଥିଲେ । ତେବେ ମୃତକର ପରିବରକୁ କ୍ଷତିପୂରଣ ପ୍ରଦାନ ସହିତ ବେଆଇନ କ୍ରଶର ଗୁଡିକ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ପାଇଁ ତହସିଲଦାରଙ୍କୁ ଅବଗତ କରାଯିବା ନେଇ ପୁଲିସ ପକ୍ଷରୁ ପ୍ରତିଶୃତି ମିଳିବା ପରେ ଲୋକେ ଶବକୁ ଛାଡିବା ସହିତ ରାସ୍ତାରୋକରୁ ହଟିଥିଲେ। ଏନେଇ ଜେନାପୁର ପୁଲିସ ଏକ କେଶ ରୁଜୁ କରି ମୃତଦେହକୁ ଜବତ କରି ବ୍ୟବଚ୍ଛେଦଲାଗି ପଠାଇବା ସହ ତଦନ୍ତ ଚଳାଇଛି ।

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରୀକ ଅଫର ଓ ସୁବିଧା ଘୋଷଣା କରାଯାଇଛି। ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି। ରଙ୍ଝ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲାପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିଫଂସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ। ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି। ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସମ୍ପର୍କ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି। ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଢକ୍ତଙ୍କକ୍ସପ୍ସ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର। ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ। ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚାହୁଁଛୁ। ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି। ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଇବାକୁ ଆଶା ରଖିଛୁ। ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି।

# କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, ୨୩/୧୦(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି। ନୂତନ ଲିଜ୍ ପାଇଥିବା କାସ୍‌ଭି ଇଣ୍ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା। ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା । ମାତ୍ର କମ୍ପାନୀ ଏହାକୁ ମଧ୍ୟ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକର୍ତା ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି। ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପଷ ବୁଝାମଣାରେ ନିଷ୍ପତି ନିଆଯିବ ।

## ୮ ସିଫ୍ଟ ଶାଗୁଆନ କାଠ ଜବତ, ଜଣେ ଗିରଫ

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲାର କିରିବୁରୁ ସେଲ କଲୋନୀରେ ଶୁକ୍ରବାର ସକାଳ ସମୟରେ ବନବିଭାଗର ଏନଫୋର୍ସମେଣ୍ଟ ସ୍କ୍ୱାର୍ଡ ଅତର୍କିତ ଚଢାଉ କରି ୪୮ ପିସ୍ ଶାଗୁଆନ କାଠ ଜବତ କରିଛି। ଏସିଏଫ୍ ଅଜୟ କୁମାର ସାହୁଙ୍କ ତତ୍ତ୍ୱାବଧାନରେ ଚମ୍ପୁଆ ରେଞ୍ଜର ଘାସିରାମ ପାତ୍ର,ବଡବିଲ ରେଞ୍ଜର ମାନସ କୁମାର ମୁର୍ମୁ,ମୋବାଇଲ ଫରେଷ୍ଟର ଶଶୀଭୂଷଣ ବାରିକ,ବସନ୍ତ ମୁର୍ମୁଙ୍କ ସମେତ ଅନ୍ୟ ବନ କର୍ମଚାରୀମାନେ କିରିବୁରୁ ସେଲ କଲୋନୀର ଗୌତମ ବାରିକଙ୍କ ଘରେ ଚଢାଉ କରିଥିଲେ। ଚଢାଉବେଳେ ୪୮ ପିସ୍ ଶାଗୁଆନ କାଠ ଜବତ କରାଯାଇଥିଲା, ଯାହାକି ୮ ସିଫ୍ଟ ହେବ ଏବଂ ଏହାର ଆନୁମାନିକ ମୂଲ୍ୟ ୨୫ହଜାର ଟଙ୍କା ହେବ ବୋଲି ଜଣାପଡିଛି।






# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତ୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠିରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ, ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# କଳିଙ୍ଗ ବାଲିଯାତ୍ରା ମହୋତ୍ସବ-୨୦୨୪ ଉଦଘାଟିତ
## ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଦ୍ୱାରା ଉଦଘାଟିତ

ପାରାଦୀପ,(ପି.ଏନ): ଗୁରୁବାର ସଂନ୍ଧ୍ୟାରେ ପାରାଦୀପଠାରେ କଳିଙ୍ଗ ବାଲିଯାତ୍ରା ମହୋତ୍ସବ ଉଦଘାଟିତ ହୋଇଯାଇଛି । ଓଡିଶାର ମାନ୍ୟବର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମୁଖ୍ୟଅତିଥି ଭାବେ ଯୋଗ ଦେଇ କଳିଙ୍ଗ ନୌବାଣିଜ୍ୟିକ ପରମ୍ପରାର ଗୌରବ ବହନ କରୁଥିବା ଏହି ମହୋତ୍ସବକୁ ଉଦଘାଟନ କରିଥିଲେ । ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସହିତ ମୁଖ୍ୟବକ୍ତା ଭାବେ ପାରାଦୀପ ବିଧାୟକ ତଥା ମାନ୍ୟବର ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ଜିଲ୍ଲା ପରିଷଦ ସଭାପତି ମନୋଜ ଭୋଇ,ସାଂସଦ ବିଭୂପ୍ରସାଦ ତରାଇ, ପାରାଦୀପ ବନ୍ଦର ଅଧ୍ୟକ୍ଷ ପି.ଏଲ.ହରନାଦ, ପାରାଦୀପର ନଗରପାଳ ବସ' ବିଶ୍ୱାଳ, ପୂର୍ବାଂଚଳ ଡି.ଆଇ.ଜି. ଚରଣସିଂ ମୀନା, ଜଗତସିଂହପୁର ବିଧାୟକ ଅମରେନ୍ଦ୍ର ଦାସ, ତିର୍ତ୍ତୋଲ ବିଧାୟକ ରମାକା' ଭୋଇ, ବାଲିକୁଦା-ଏରସମା ବିଧାୟକ ଶାରଦା ଜେନା ପ୍ରମୁଖ ଯୋଗ ଦେଇଥିଲେ । ଏହି ଉଦଯାପନୀ ସମାରୋହରରେ ପୌରହିତ୍ୟ କରିଥିଲେ ଜିଲ୍ଲାପାଳ ତଥା କଳିଙ୍ଗ ବାଲିଯାତ୍ରା କମିଟିର ଅଧ୍ୟକ୍ଷ ଜେ.ସୋନାଲ । ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ ପାରାଦୀପର ଅତିରିକ୍ତ ଜିଲ୍ଲାପାଳ ତଥା କଳିଙ୍ଗ ବାଲିଯାତ୍ରା କମିଟିର ଉପାଅଧ୍ୟକ୍ଷ ନିରଂଜନ ବେହେରା । ଓଡିଶାର ଗର୍ବ ଗୌରବ ତଥା ପ୍ରାଚୀନ ନୌବାଣିଜ୍ୟିକ ପରମ୍ପରାକୁ ଉଦଜ୍ଜୀବିତ କରିଥିବା ଏହି ମହାନ ଉତ୍ସବ ପ୍ରତିଟି ଓଡିଆଙ୍କ ପାଇଁ ଗର୍ବ ଓ ଗୌରବ ବହନ କରିଛି । ପାରାଦୀପ ଠାରେ ଏହି ମହୋତ୍ସବ ପାଳନ କରାଯିବା ଖୁସିର କଥା ବୋଲି କହିଥିଲେ ମାନ୍ୟବର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ । ରାଜ୍ୟ ସରକାର ପ୍ରତିଟି ଓଡିଆଙ୍କ ପାଇଁ କାମ କରୁଛି ଆଗାମୀ ଦିନରେ ରାଜ୍ୟର ବିକାଶ ସହିତ ପାରାଦୀପର ବିକାଶ କଥା ତାଙ୍କ ସରକାର ଚି' । କରୁଥିବା ମାନ୍ୟବର ମୁଖ୍ୟମନ୍ତ୍ରୀ କହିବା ଆଠ ଦିନ ଧରି ଚାଲିବାକୁ ଥିବା ଏହି ମହୋତ୍ସବର ସଫଳତା କାମନା କରିଥିଲେ । ଶେଷରେ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ପୌର ନିର୍ବାହୀ ଅଧିକାରୀ ଅଭିଷେକ ପଣ୍ଡା । ଉଦଘାଟନୀ ସମାରୋହ ପରେ ଓଡିଶାର ବିଶିଷ୍ଟ କଣ୍ଠଶିଳ୍ପୀ ମ ଛୁରିଆଙ୍କ ଦ୍ୱାରା ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଶିତ ହୋଇଥିଲା । ମାନ୍ୟବର ମୁଖ୍ୟମନ୍ତ୍ରୀ ଭୁବନେଶ୍ୱରରୁ ହେଲିକ୍ପ୍ଟର ଯୋଗେ ଆସି ପାରାଦୀପ ନୂଆବଜାରସ୍ଥିତ ଗୋପବନ୍ଧୁ ଷ୍ଟାଡିୟମଠାରେ ଓହ୍ଲାଇ ଥିଲେ । ସେଠାରୁ ଆସି ଭାରତରତ୍ନ ବାଜପେୟୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ । ସେଠାରୁ ରୋଡ ଶୋରେ ଯାଇ କଳିଙ୍ଗ ବାଲିଯାତ୍ରା ମହୋତ୍ସବ-୨୦୨୪କୁ ଉଦଘାଟନ କରିଥିଲେ ।

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା। ତାଲିମର ଉଦ୍ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ। ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ। ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ। ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଳିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଳିମେଳା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି। ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି। ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି। ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି। ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି। -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି। ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରାଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି। ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତ୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା। ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜି ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତ୍ତି ସମୟ ହିଁ କହିବ ।



2024-2025

ADMISSION OPEN
Maharishi Public School, Baripada

STD-NURSERY TO VIII
ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

୨ ୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ



## ମହର୍ଷି ପବ୍ଲିକସ୍କୁଲରେ ଶିଶୁ ଦିବସ ପାଳିତ



ବାରିପଦ,(ପି.ଏନ): ସ୍ଥାନୀୟ ବାଘଡ଼ା ରୋଡ଼ ସ୍ଥିତ ମହର୍ଷି ପବ୍ଲିକ ସ୍କୁଲରେ ମହା ଆଡମ୍ବରରେ ଶିଶୁଦିବସ ପାଳିତ ହୋଇଯାଇଛି। ପ୍ରଥମେ ପିଲାମାନଙ୍କଦ୍ୱାରା ଚାଚାନେହେରୁଙ୍କର ପୂଜାଅର୍ଚ୍ଚନା କରାଯାଇ ଫୋଟ ଚିତ୍ରରେ ପୁଷ୍ପଅର୍ପଣ କରାଯାଇଥିଲା। ସ୍କୁଲର ପ୍ରଧାନଶିକ୍ଷକ ଏବଂ ଶିକ୍ଷକ ଶିକ୍ଷୟତ୍ରୀ ମାନେ ଦେଶରପ୍ରଥମପ୍ରଧାନ ମନ୍ତ୍ରୀ ତଥା ଆମର ଅତିପ୍ରିୟ ଚାଚାନେହେରୁଙ୍କ ଜୀବନଦର୍ଶନଙ୍କୁଅତିପ୍ରାଞ୍ଜ ଳ ଭାବେ ପିଲାମାନଙ୍କୁ ବୁଝାଇଥିଲେ। ସେ କିପରି ପିଲାମାନଙ୍କୁ ଫୁଲ ସହ ତୁଳନା କରି ସେମାନଙ୍କୁ ଭଲପାଉଥିଲେ। ଆଜିର ପିଲା କାଲିର ଦେଶର ନାଗରିକ। ତେଣ ୁପିଲାଙ୍କର ସର୍ବାଙ୍ଗୀନ ଉନ୍ନତିପାଇଁ ସଦାସର୍ବଦା ଚେଷ୍ଟିତଥିଲେ ।ସେ କିପରି ସବୁ ପଦପଦବୀ ଛାଡ଼ି ଗାନ୍ଧିଜୀଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ଦେଶର ସ୍ୱାଧୀନତା ସଂଗ୍ରାମରେ ଯୋଗଦେଇ ଶେଷରେ ଭାରତ ମାଟିରୁ ବିଦେଶୀଙ୍କୁ ବିତାଡ଼ିତ କରି ସ୍ୱାଧୀନତା ଆଣିବାରେ ସକ୍ଷମ ହୋଇଥିଲେ। ପରେପରେ ପିଲାମାନେ ମଧ ସେମାନଙ୍କର ଅତିପ୍ରିୟ ଚାଚାନେହେରୁଙ୍କ ଆଦର୍ଶକୁ ଭାଷଣ, ଗୀତ ମାଧମରେ ବର୍ଣ୍ଣନା କରିଥିଲେ। ଉକ୍ତଦିନରେ ପିଲାମାନଙ୍କଦ୍ୱାରା ଅନେକ କାର୍ଯ୍ୟକ୍ରମ ହାତକୁ ନିଆଯାଇଥିଲା। କାର୍ଯ୍ୟକ୍ରମରେ ଦୈନିକ ଖବରକାଗଜ "ପ୍ରଗତୀବାଦୀ"ର ବାରିପଦାରି ପୋଟର ଶ୍ରୀ ଦିଲ୍ଲୀପ କୁମାର ପାତ୍ର ନିମନ୍ତ୍ରିତ ଅତିଥିଭାବେ ଯୋଗଦେଇ ପିଲାମାନଙ୍କ ୁଉତ୍ସାହିତ କରିଥିଲେ ।ମୁଖ୍ୟଅତିଥି ଶ୍ରୀ ପାତ୍ରଙ୍କୁ ଫୁଲଗୁଚ୍ଛ ଓଢଣୀ ଦିଆଯାଇସ୍ୱାଗତ କରିବା ପରେ କାର୍ଯ୍ୟକ୍ରମଅ ।ରମ୍ଭ କରାଯାଇ ଥିଲା ।ସ୍କୁଲର ୫୦୦ରୁ ଉର୍ଦ୍ଧପିଲାମାନଙ୍କ ର ଉପସ୍ଥିତିରେ ପ୍ରାୟ ୨୦୦ରୁ ଅଧିକ ପିଲା ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରି ଅତିଥି ଓ ଅଭିଭାବକଙ୍କଦ୍ୱାରା ପ୍ରଶଂସିତ ହୋଇଥିଲେ। ଏଥି ସହ ବଡ଼ପିଲାମାନଙ୍କ ଦ୍ୱାରା ୧୭ଟି ଷ୍ଟଲ କରାଯାଇ ବିଭିନ୍ନ ହୋମମେଡ୍ ଖାଦ୍ୟ ପରିବେଷଣ କରାଯାଇଥିଲା। ଯାହାକୁ ଅଭିଭାବକ ଓ ଶୁଭେଚ୍ଛୁ ପ୍ରଶଂସିତ କରିଥିଲେ ।ଶେଷରେ ପିଲାମାନଙ୍କୁ ପେନସିଲ୍, ପେନ୍, ବିସ୍କୁଟ ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମକୁ ସଫଳ କରିବାରେ ଶିକ୍ଷକ ଶିକ୍ଷୟିତ୍ରୀ ମାନେ ସହଯୋଗ କରିଥିଲେ ଓ ସ୍କୁଲର ଶ୍ରୀ ଅଶୋକ କୁମାର କର ମୁଖ୍ୟଅତିଥି ଶ୍ରୀ ପାତ୍ରଙ୍କୁ ଧନ୍ୟବାଦ ଦେବା ସହ ପ୍ରତ୍ୟେକ ଅଭିଭାବକଙ୍କୁ ଧନ୍ୟବାଦ ଜଣାଇବା ସହ ସମୟ ସମୟକୁ ସହଯୋଗ କାମନା କରିଥିଲେ।

## ପିସିସି ପକ୍ଷରୁ ପୂର୍ବତନ ପ୍ରଧାନମନ୍ତ୍ରୀ ଜବାହରଲାଲ ନେହେରୁଙ୍କର ଜୟନ୍ତୀ ପାଳିତ



ଭୁବନେଶ୍ୱର,(ପି.ଏନ): ଆଜି ଓଡ଼ିଶା ପ୍ରଦେଶ କଂଗ୍ରେସ ପକ୍ଷରୁ ସ୍ୱାଧୀନ ଭାରତର ପ୍ରଥମ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହରଲାଲ ନେହେରୁଙ୍କର ଜୟ'ୀ ଉତ୍ସବ ଭୁବନେଶ୍ୱରସ୍ଥ କଂଗ୍ରେସ ଭବନ ଠାରେ ପାଳିତ ହୋଇଯାଇଛି। ଏହି ଉପଲକ୍ଷେ ସକାଳେ ପିସିସି ପକ୍ଷରୁ ମାଷ୍ଟକ୍ୟାଂଟିନ ଛକ ନିକଟସ୍ଥ ନେହେରୁ ପାର୍କରେ ଥିବା ପଣ୍ଡିତ ଜବାହରଲାଲ ନେହେରୁଙ୍କ ପ୍ରତିମୁର୍ତିରେ ମାଲ୍ୟାର୍ପଣ କରାଯାଇଯାଇଥିଲା। ପରେ କଂଗ୍ରେସ ଭବନ ପରିସରରେ ଥିବା ପଣ୍ଡିତ ନେହେରୁଙ୍କ ପ୍ରତିମୁର୍ତିରେ କଂଗ୍ରେସ ନେତୃବୃନ୍ଦ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ। ଆଜିର ଏହି କାର୍ଯ୍ୟକ୍ରମରେ କଂଗ୍ରେସ ବିଧାୟକ ଦଳନେତା ଶ୍ରୀ ରାମଚନ୍ଦ୍ର କାଡାମ୍, କଂଗ୍ରେସନେତୃବୃନ୍ଦ ସର୍ବଶ୍ରୀ ଜୟଦେବ ଜେନା, ଡ.ରାମଚନ୍ଦ୍ର ଖୁଂଟିଆ, ଶିବାନନ୍ଦ ରାୟ, ସମୀର କୁମାର ରାଉତରାୟ, ମନୋରଂନ ଦାସ, ଚିନ୍ମୟ ସୁନ୍ଦର ଦାସ, ନଜିବୁର୍ ରହେମାନ୍ ଖାନ୍, ସୁଶାନ୍ତ ତ୍ରିପାଠୀ, ଲିଙ୍ଗରାଜ ସାହୁ, ପୃଥିବୀବଲ୍ଲଭ ପଟ୍ଟନାୟକ, ତରୁଣ ମିଶ୍ର, ଆଲୋକ ମହାନ୍ତି, ମୋଟରାଜ ଡୁଙ୍ଗ୍‌ଡୁଙ୍ଗ୍, ଭାସ୍କର ସେଠୀ, ଜ୍ୟୋତିଷ ସାହୁ, ସଂଜୟ ମିଶ୍ର, ମିହିର ଆଚାର୍ଯ୍ୟ, ସଂଜୟ ରାଉତ ଓ ତୁଷାର ତପସ୍ୱୀ ପ୍ରମୁଖ ଉପସ୍ଥିତ ରହି ଶ୍ରଦ୍ଧାଳି ଅର୍ପଣ କରିଥିଲେ।

## ତିର୍ତ୍ତୋଲ ଚେଲିତୋଳ ବାଲିଯାତ୍ରା ପ୍ରସ୍ତୁତି ଶେଷ

ଜଗତସିଂହପୁର ,(ପି ଏନ) ତିର୍ତ୍ତୋଲ ବିଧାୟକ ତଥା ଚେଲିତୋଳ ବୋଇତ ବନ୍ଦାଣ ଓ ବାଲିଯାତ୍ରା ସଭାପତି ପ୍ରଫେସର ଡ଼ଃ. ରମାକାନ୍ତ ଭୋଇଙ୍କ ସଭାପତିତ୍ୱରେ ଗୋପିଆକୁଦ ମହାନଦୀ ପଠାରେ ଅନୁଷ୍ଠିତ ହେବାକୁ ଯାଉଥିବା ଚେଲିତୋଳ ବାଲିଯାତ୍ରା ମହୋତ୍ସବର ପ୍ରସ୍ତୁତି ଶେଷ ହୋଇଛି. ଆଜି ୧୫ ତାରିଖ ସକାଳ ୭ ଘଟିକା ତାର୍‌ତ୍ତୋଲ ମହାନଦୀ ଘାଟରେ ବୋଇତ ବନ୍ଦାଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ. ଏଥିରେ ହାଜର ହାଜର ସଂଖ୍ୟା ରେ ଜନସାଧାରଣ ମାନଙ୍କର ସମାଗମ ଦେଖାଯିବ. ସନ୍ଧ୍ୟା ୬ ଘଟିକାରେ ରେ ବାଲି ଯାତ୍ରା ମହୋତ୍ସବକୁ ଶିଶୁ ଅନନ୍ତ ଆଶ୍ରମର ପ୍ରତିଷ୍ଠାତା ପଦ୍ମଶ୍ରୀ ବାବା ବଳିଆ ଯୋଗଦେଇ ଅନୁଷ୍ଠାନିକ ଭାବେ ଉଦଘାଟନ କରିବା କାର୍ଯ୍ୟକ୍ରମ ରହିଛି. ମୁଖ୍ୟ ଅତିଥି ଭାବେ ସାଂସଦ ବିଭୁ ପ୍ରସାଦ ତରାଇ, ମୁଖ୍ୟ ବକ୍ତାଭାବେ ବାଲିକୁଦା - ଏରସମା ବିଧାୟକ ସାରଦା ପ୍ରଶନ୍ନ ଜେନା, ସମ୍ମାନୀୟ ଅତିଥି ଭାବେ ବାବା ସଦାନନ୍ଦ ଶ୍ରୀ ପ୍ରେମାନନ୍ଦ ମହାନ୍ତି, ବ୍ଲକ ଅଧକ୍ଷ ମନୋଜ କୁମାର ବେହେରା, ସରପଞ୍ଚ ପ୍ରିୟମ୍ବଦା ମହାପାତ୍ର ଓ ସମିତି ସଭ୍ୟ ପ୍ରବୀର ରାୟ ଯୋଗଦେବାର କାର୍ଯ୍ୟକ୍ରମ ରହିଛି. ୭ ଦିନ ର ଉତ୍ସବର ନିମନ୍ତ୍ରଣ କାର୍ଡରେ ପୂର୍ବତନ ବିଧାୟକ ବିଜୟ ଶଙ୍କର ଦାସଙ୍କ ନାଁ ନଥିବା ନେଇ ଚର୍ଚ୍ଚା. ଏହି ବାଲିଯାତ୍ରା ୭ ଦିନ ହେବାକୁ ଥିବାବେଳେ ୧୮ ରୁ ୨୧ ଅପେରା କଳିଙ୍ଗ ଯାତ୍ରା ଅନୁଷ୍ଠିତ ହେବାପାଇଁ ଅନୁଷ୍ଠାନ ପକ୍ଷରୁ ସୂଚନା ମିଳିଛି. ପ୍ରତେକ ଦିନ ବିଭିନ୍ନ ପ୍ରତିଯୋଗିତା, ସାଂସ୍କୃତିକ କାର୍ଯ୍ୟକ୍ରମ ସହିତ ମେଲୋଡି ଓ ମାଙ୍କ ଘଣ୍ଟ ନୃର୍ତ୍ୟ ଦର୍ଶକ ମାନଙ୍କୁ ମୋହିତ କରିବ.

## ପ୍ରଥମ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହାରଲାଲ ନେହେରୁଙ୍କ ପୁଣ୍ୟ ତିଥିରେ ରକ୍ତଦାନ ଶିବିର

ପାରାଦୀପ,(ପି.ଏନ):ଭାରତର ପ୍ରଥମ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହାରଲାଲ ନେହେରୁଙ୍କ ୧୩୫ତମ ପୁଣ୍ୟତିଥିରେ ପାରାଦୀପର ପଣ୍ଡିତ ଜବାହାରଲାଲ ନେହେରୁ ଟ୍ରଷ୍ଟ ପକ୍ଷରୁ ଏକ ମେଗା ରକ୍ତଦାନ ଶିବିର ଆୟୋଜିତ ହୋଇଯାଇଛି। ପାରାଦୀପ ମଧୁବନସ୍ଥିତ ଶ୍ରମିକ ଭବନ ପରିସରରେ ଅନୁଷ୍ଠିତ ଏହି ସ୍ୱେଚ୍ଛାକୃତ ରକ୍ତଦାନା ଶିବିରକୁ ପାରାଦୀପର ନଗରପାଳ ବସ' ବିଶ୍ୱାଳ, ପାରାଦୀପ ବନ୍ଦର ଡି.ଟି.ଏମ୍. ଶ୍ରମନ ନାରାୟଣ ମିଶ୍ର, ଅଠରବାଙ୍କୀ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଚିକିତ୍ସକ ଡ.ଅସିଫ, ସମାଜସେବୀ ହାରାମଣୀ ମହାପାତ୍ର, ପଣ୍ଡିତ ଜବାହାରଲାଲ ନେହେରୁ ଟ୍ରଷ୍ଟର ମଖ୍ୟ ଉପଦେଷ୍ଟା ତଥା ପାରାଦୀପ ନିର୍ବଚାନ ମଣ୍ଡଳୀର କଂଗ୍ରେସ ବିଧାୟକ ପ୍ରାର୍ଥୀ ନିରଂଜନ ନାୟକ ଯୋଗ ଦେଇଥିଲେ । ଏହି ଶିବିରରେ ଜିଲ୍ଲା କଂଗ୍ରେସ୍ ସଭାପତି ନଟବର ବାରିକ, ତର୍ତ୍ତୋଳ ବିଧାନସଭା ବିଧାୟକ ପ୍ରାର୍ଥୀ ଇଂ.ହିମାଂଶୟ ମଲ୍ଲିକ, ପାରାଦୀପ ବନ୍ଦର ସୁପରିଟେଣ୍ଡିଙ୍ଗ ଇଂଜିନିୟର ସୁଶା' ସେଠୀ, ନିର୍ବାହୀ ଯନ୍ତ୍ରୀ ଗଙ୍ଗାଧର ସେଟୀ, ନଗର କଂଗ୍ରେସ ସଭାପତି କେଦାରନାଥ ବିଶ୍ୱାଳ ଯୋଗ ଦେଇ ରକ୍ତଦାତାଙ୍କୁ ଉତ୍ସାହିତ କରିଥିଲେ। ଏହି ଶିବିରକୁ ଟ୍ରଷ୍ଟର ଅଧକ୍ଷ ସରୋଜ ପ୍ରଧାନ, ବିଜୟ ସେଠୀ, କୃପାସିନ୍ଧୁ ଦାସ, ଚନ୍ଦ୍ରଶେଖର ମହାପାତ୍ର, ବିନୋଦ ପ୍ରଧାନ, .ଜଗନ୍ନାଥ ଶତପଥୀ,ସଂଘମିତ୍ରା ସ୍ୱାଇଁ, ବିନତୀ ପଢିହାରୀ, ଧରିତ୍ରୀ ସାମଲ,ପ୍ରେମଲତା ବାରିକ,ମମତା ଜେନା, ପୁଷ୍ପଲତା ଦାସ ପ୍ରମୁଖ ପରିଚାଳନା କରିଥିଲେ।

## ଆଲିଶା ଫାଉଣ୍ଡେସନର ଶିଶୁ ଦିବସ ପାଳିତ: ମନେପଡେ ପିଲାଦିନ

ଭୁବନେଶ୍ୱର,(ପି.ଏନ): "ଆଲିଶା ଫାଉଣ୍ଡେସନ" ଗତ ୭ ବର୍ଷ ଧରି ଶିଶୁ ଦିବସର ଶୁଭ ଅବସରରେ ଏହିପରି ବୟୋବୃଦ୍ଧ (କ୍ଟମଖ୍ଲକ୍ଟଶରଭରକ୍ସସବଭ) ଶିକ୍ଷକମାନଙ୍କୁ ମନେ ରଖିଥାଏ ଏବଂ କିଛି ଭିନ୍ନ ବର୍ଗର ପିଲାମାନଙ୍କୁ ମଜାଦାର ଭରପୂର ସାଂସ୍କୃତିକ କାର୍ଯ୍ୟକ୍ରମ ମାଧ୍ୟମରେ ଆନନ୍ଦ ଦେବାକୁ ଚେଷ୍ଟା କରିଥାଏ। ତତ ସହିତ, ଭିନ୍ନକ୍ଷମ, ବସ୍ତି ଓ ଅନାଥ ଆଶ୍ରମ ପିଲାଙ୍କୁ ନିଜର ଭିନ୍ନ ଭିନ୍ନ କାର୍ଯ୍ୟକଳାପର ଦକ୍ଷତା ଅନୁସାରେ ପୁରସ୍କାର ଆକାରରେ କିଛି ଆର୍ଥିକ ସହାୟତା କରିବା ସହିତ, ବସ୍ତ୍ର, ଶୀତ ପୋଷାକ, ଭିନ୍ନ କ୍ଷମଙ୍କ ପାଇଁ ଗାଡି ପ୍ରଦାନ କରିଥାଏ। ୧୪ ନଭେମ୍ବର, ସାରା ଭାରତରେ ଶିଶୁ ଦିବସ ଭାବରେ ପାଳନ କରାଯାଏ। ଯେଉଁଦିନ ଭାରତର ପ୍ରଥମ ପଧାନମନ୍ତ୍ରୀ ପଣ୍ଡିତ ଜବାହର ଲାଲ ନେହେରୁଙ୍କ ଜନ୍ମ ବାର୍ଷିକୀ ଭାବରେ ଜଣାଶୁଣା । ସେ ପିଲାମାନଙ୍କୁ ବହୁତ ଭଲ ପାଉଥିଲେ, ପିଲାମାନଙ୍କୁ ଫୁଲ ସହିତ ତୁଳନା କରିଥିଲେ। ଯେଉଁଥି ପାଇଁ ପିଲାମାନେ ତାଙ୍କୁ "ଚା-ଚା ନେହେରୁ" ବୋଲି କହିଥିଲେ। ତେଣୁ ଏହି ଦିନ ପିଲାମାନଙ୍କ ପାଇଁ ଅତ୍ୟନ୍ତ ଖୁସିର ଦିନ। ଏହିପରି ତିନି ପିଢି (ଶିଶୁ, ମଧ୍ୟମ ଓ




ପୁରାତନ/ ବୃଦ୍ଧ)ଙ୍କୁ ପରେ "ଗୁରୁ ଶିଷ୍ୟ ପରମ୍ପରା" ବନ୍ଧନ ପରି କାର୍ଯ୍ୟକ୍ରମକୁ ପ୍ରଦର୍ଶନ କରାଯିବ। ଯେଉଁଥିବରେ ଶିଶୁ ଦିବସର ଥିମ୍ ସହିତ "ସ୍ନେହ (ଆଜିର ପିଲାମାନଙ୍କ ପାଇଁ) ଓ ସମ୍ମାନ (ବୟୋ ବୃଦ୍ଧ ଶିକ୍ଷକମାନଙ୍କୁ) ଦିଆଯିବ। ଏହି ବର୍ଷ ଆମେ ବୃଦ୍ଧ ମନ୍ଦିର ପେକ୍ଷ୍ୟାଳୟ, ୟୁନିଟ୍-୪, ମଧୁସୂଦନ ମାର୍ଗ, ଭୁବନେଶ୍ୱର ସ୍ଥାନରେ ଆୟୋଜନ କରୁଛୁ । ଆଜିର କାର୍ଯ୍ୟକ୍ରମରେ ଯୋଗଦେଇଥିଲେ ମୁଖ୍ୟ ଅତିଥି ଶ୍ରୀଯୁକ୍ତ ଗୋଲକ ମହାପାତ୍ର (ଉପସଭାପତି, ବିଜେପି, ଓଡ଼ିଶା), ସମ୍ମାନିତ ଅତିଥି ଡାକ୍ତର ପ୍ରଦୀପ କୁମାର ରାୟ (ଡାକ୍ତର), ଶ୍ରୀଯୁକ୍ତ ଶ୍ରୀଧର ମାର୍ଥା (ସିନେମା ପ୍ରଯୋଜକ), ଶ୍ରୀମତୀ ଜ୍ୟୋତ୍ସ୍ନାରାଣୀ ପରିଡା (ସମାଜସେବୀ) ଏବଂ ବୟୋବୃଦ୍ଧ ଗୁରୁ ଶ୍ରୀ ଅଶୋକ କୁମାର ପାଣ୍ଡେ, ଶ୍ରୀ ନିରଞ୍ଜନ ପଣ୍ଡା, ଶ୍ରୀ ଶିବାଜୀ ସାହୁ, ଶ୍ରୀ ଭୁବନେଶ୍ୱର ମହାନ୍ତି, ଶ୍ରୀମତୀ ଅର୍ଚ୍ଚନା ପଟ୍ଟନାୟକ, ଶ୍ରୀ ମଙ୍ଗୁଳି ଚରଣ ନାୟକ ଓ ସାଧୁ ସନ୍ଥ - ବାବା ଭବାନୀ ଶଙ୍କର ସ୍ୱରୂପ (ମହେନ୍ଦ୍ରଗିରି ଆଶ୍ରମ), ବାବା କୃଷ୍ଣ ମହାରାଜା (ଖଣ୍ଡଗିରି), ହରି ଓମ୍ ବାବା (ଖଣ୍ଡଗିରି) ଙ୍କୁ ସମ୍ମାନିତ କରାଯାଇଥିଲା। ଆଲିଶା ଫାଉଣ୍ଡେସନର ଅଧକ୍ଷ୍ୟା ତଥା ପ୍ରତିଷ୍ଠାତ୍ରୀ ଅନ୍ନଦା ପ୍ରଭା ରାୟ ସମସ୍ତ କାର୍ଯକ୍ରମକୁ ଆୟୋଜନ କରିଥିବାବେଳେ ଅନୁଷ୍ଠାନର ମୁଖ୍ୟ ସଦସ୍ୟ ମାନବେନ୍ଦ୍ର ମିଶ୍ର, ସୁଜିତ୍ କୁମାର ପଟ୍ଟନାୟକ, ବିଜୟ କୁମାର ପ୍ରଧାନ, ମିଥୁନ୍ ନାୟକ, ପ୍ରଶାନ୍ତ କୁମାର ମହାପାତ୍ର, ଅନିତା ମଞ୍ଜରୀ ସ୍ୱାଇଁ, ସୁସ୍ମିତା ରାଉତ, ରଞ୍ଜନ ଦାସ, ଅତୁଲ୍ୟ ପଟ୍ଟନାୟକ, ସତ୍ୟକାମ୍ ମହାନ୍ତି, ସୁନୀଲ କୁମାର ରାୟ ସହଯୋଗ କରି କାର୍ଯ୍ୟକ୍ରମକୁ ସଫଳ କରାଇଥିଲେ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray